ଯୋହନ *1:29, 10-13 (IRV)*

# ଈଶ୍ୱରଙ୍କ ମେଷଶାବକ, ଯେ ଜଗତର ପାପ ବୋହିନେଇଯାଆନ୍ତି... ଯେଉଁମାନେ ତାହାଙ୍କ ନାମରେ ବିଶ୍ୱାସ କଲେ

ତହିଁ ଆରଦିନ ସେ ଯୀଶୁଙ୍କୁ ନିଜ ପାଖକୁ ଆସୁଥିବା ଦେଖି କହିଲେ, ଏହି ଦେଖ, ଈଶ୍ୱରଙ୍କ ମେଷଶାବକ, ଯେ ଜଗତର ପାପ ବୋହିନେଇଯାଆନ୍ତି। ... ସେ ଜଗତରେ ଥିଲେ ଓ ଜଗତ ତାହାଙ୍କ ଦ୍ୱାରା ସୃଷ୍ଟ ହେଲା, ତଥାପି ଜଗତ ତାହାଙ୍କୁ ଚିହ୍ନିଲା ନାହିଁ। ସେ ଆପଣା ରାଜ୍ୟକୁ ଆସିଲେ, ତଥାପି ତାହାଙ୍କର ନିଜ ଲୋକମାନେ ତାହାଙ୍କୁ ଗ୍ରହଣ କଲେ ନାହିଁ। ମାତ୍ର ଯେତେ ଲୋକ ତାହାଙ୍କୁ ଗ୍ରହଣ କଲେ, ଅର୍ଥାତ୍, ଯେଉଁମାନେ ତାହାଙ୍କ ନାମରେ ବିଶ୍ୱାସ କଲେ, ସେ ସମସ୍ତଙ୍କୁ ସେ ଈଶ୍ୱରଙ୍କ ସନ୍ତାନ ହେବା ନିମନ୍ତେ ଅଧିକାର ଦେଲେ; ସେମାନେ ରକ୍ତରୁ, ଶରୀରର ଇଚ୍ଛାରୁ ଅବା ମନୁଷ୍ୟର ଇଚ୍ଛାରୁ ଜାତ ହେଲେ ନାହିଁ, ବରଂ ଈଶ୍ୱରଙ୍କଠାରୁ ଜାତ ହେଲେ।

**Spiritual Warfare Cards.com**

*Indian Revised Version · CC BY-SA 4.0 · Bridge Connectivity Solutions*

ଯୋହନ *3:3, 14-17 (IRV)*

# ଈଶ୍ୱର ଜଗତକୁ ଏଡ଼େ ପ୍ରେମ କଲେ ଯେ, ସେ ଆପଣା ଅଦ୍ୱିତୀୟ ପୁତ୍ରଙ୍କୁ ଦାନ କଲେ... ଜଗତ ଯେପରି ତାହାଙ୍କ ଦ୍ୱାରା ପରିତ୍ରାଣ ପ୍ରାପ୍ତ ହୁଏ

---

ଯୀଶୁ ତାହାଙ୍କୁ ଉତ୍ତର ଦେଲେ, "ସତ୍ୟ ସତ୍ୟ ମୁଁ ତୁମ୍ଭକୁ କହୁଅଛି, ପୁନର୍ବାର ଜନ୍ମ ନ ହେଲେ କେହି ଈଶ୍ୱରଙ୍କ ରାଜ୍ୟ ଦେଖି ପାରେ ନାହିଁ।" ... ପୁଣି, ମୋଶା ଯେପ୍ରକାର ପ୍ରାନ୍ତରରେ ପିତ୍ତଳର ଏକ ସର୍ପକୁ ଊର୍ଦ୍ଧ୍ୱକୁ ଉଠାଇଥିଲେ, ମନୁଷ୍ୟପୁତ୍ର ଅବଶ୍ୟ ସେହି ପ୍ରକାର ଊର୍ଦ୍ଧ୍ୱକୁ ଉଠାଯିବେ, ଯେପରି ଯେ କେହି ତାହାଙ୍କଠାରେ ବିଶ୍ୱାସ କରେ, ସେ ଅନନ୍ତ ଜୀବନ ପ୍ରାପ୍ତ ହୁଏ।" କାରଣ ଈଶ୍ୱର ଜଗତକୁ ଏଡ଼େ ପ୍ରେମ କଲେ ଯେ, ସେ ଆପଣା ଅଦ୍ୱିତୀୟ ପୁତ୍ରଙ୍କୁ ଦାନ କଲେ, ଯେପରି ଯେ କେହି ତାହାଙ୍କଠାରେ ବିଶ୍ୱାସ କରେ, ସେ ବିନଷ୍ଟ ନ ହୋଇ ଅନନ୍ତ ଜୀବନ ପ୍ରାପ୍ତ ହୁଏ। ଯେଣୁ ଜଗତର ବିଚାର କରିବା ନିମନ୍ତେ ଈଶ୍ୱର ଆପଣା ପୁତ୍ରଙ୍କୁ ଜଗତକୁ ପ୍ରେରଣ ନ କରି, ଜଗତ ଯେପରି ତାହାଙ୍କ ଦ୍ୱାରା ପରିତ୍ରାଣ ପ୍ରାପ୍ତ ହୁଏ, ଏଥିପାଇଁ ତାହାଙ୍କୁ ପ୍ରେରଣ କଲେ।

**Spiritual Warfare Cards.com**

*Indian Revised Version · CC BY-SA 4.0 · Bridge Connectivity Solutions*

ଯୋହନ 7:24, 37-39, 43 (IRV)

# ଯେ ମୋ' ଠାରେ ବିଶ୍ୱାସ କରେ... ତାହାର ଅନ୍ତରରୁ ଜୀବନ୍ତ ଜଳସ୍ରୋତ ପ୍ରବାହିତ ହେଉଥିବ

ବାହ୍ୟ ବିଷୟ ଦେଖି ବିଚାର ନ କରି ଉଚିତ୍ ନ୍ୟାୟବିଚାର କର।" ... ଶେଷଦିନ, ଅର୍ଥାତ୍, ପର୍ବର ପ୍ରଧାନ ଦିନ, ଯୀଶୁ ଠିଆ ହୋଇ ଉଚ୍ଚସ୍ୱରରେ କହିଲେ, "କେହି ଯଦି ତୃଷିତ ହୁଏ, ତେବେ ସେ ମୋ' ନିକଟକୁ ଆସି ପାନ କରୁ। ଯେ ମୋ' ଠାରେ ବିଶ୍ୱାସ କରେ, ଧର୍ମଶାସ୍ତ୍ରର ଉକ୍ତି ପ୍ରମାଣେ ତାହାର ଅନ୍ତରରୁ ଜୀବନ୍ତ ଜଳସ୍ରୋତ ପ୍ରବାହିତ ହେଉଥିବ।" ତାହାଙ୍କଠାରେ ବିଶ୍ୱାସକାରୀମାନେ ଯେଉଁ ଆତ୍ମା ପାଇବାକୁ ଯାଉଥିଲେ, ତାହାଙ୍କ ବିଷୟରେ ସେ ଏହା କହିଲେ। ... ତେଣୁ ଲୋକସମୂହ ମଧ୍ୟରେ ତାହାଙ୍କ ହେତୁ ମତଭେଦ ଘଟିଲା;

Spiritual Warfare Cards.com

Indian Revised Version · CC BY-SA 4.0 · Bridge Connectivity Solutions

ଯୋହନ *6:33, 35, 37, 63 (IRV)*

# ଆତ୍ମା ଜୀବନଦାୟକ; ମାଂସ କୌଣସି ଉପକାର କରେ ନାହିଁ... ସେହିସବୁ ଆତ୍ମା ଓ ଜୀବନ ଅଟେ

---

**କାରଣ ଯେଉଁ ଆହାର ସ୍ୱର୍ଗରୁ ଅବତରଣ କରି ଜଗତକୁ ଜୀବନ ପ୍ରଦାନ କରେ, ତାହା ଈଶ୍ୱରଦତ୍ତ ଆହାର।” … ସେଥିରେ ଯୀଶୁ ସେମାନଙ୍କୁ କହିଲେ, “ମୁଁ ସେହି ଜୀବନଦାୟକ ଆହାର; ଯେ ମୋʼ ନିକଟକୁ ଆସେ, ସେ କଦାପି କ୍ଷୁଧିତ ହେବ ନାହିଁ, ଆଉ ଯେ ମୋʼଠାରେ ବିଶ୍ୱାସ କରେ, ସେ କଦାପି ତୃଷିତ ହେବ ନାହିଁ। … ପିତା ଯେଉଁ ସମସ୍ତଙ୍କୁ ମୋତେ ଦାନ କରନ୍ତି, ସେମାନେ ମୋʼ ନିକଟକୁ ଆସିବେ; ଆଉ, ଯେ ମୋʼ ନିକଟକୁ ଆସେ, ତାହାକୁ ମୁଁ କୌଣସି ପ୍ରକାରେ ବାହାର କରିଦେବି ନାହିଁ; … ଆତ୍ମା ଜୀବନଦାୟକ; ମାଂସ କୌଣସି ଉପକାର କରେ ନାହିଁ; ମୁଁ ତୁମ୍ଭମାନଙ୍କୁ ଯେ ସମସ୍ତ ବାକ୍ୟ କହିଅଛି, ସେହିସବୁ ଆତ୍ମା ଓ ଜୀବନ ଅଟେ।**

***Spiritual Warfare Cards.com***

*Indian Revised Version · CC BY-SA 4.0 · Bridge Connectivity Solutions*

ଯୋହନ 11:35-36, 38; ମାର୍କ 14:33-36 (IRV)

# ଦେଖ, ସେ ତାହାଙ୍କୁ କିପରି ସ୍ନେହ କରୁଥିଲେ… ମୋହର ଇଚ୍ଛା ନୁହେଁ, ମାତ୍ର ତୁମ୍ଭର ଇଚ୍ଛା



ଯୀଶୁ କାନ୍ଦିଲେ। ସେଥିରେ ଯିହୁଦୀ ଲୋକମାନେ କହିଲେ, ଦେଖ, ସେ ତାହାଙ୍କୁ କିପରି ସ୍ନେହ କରୁଥିଲେ। … ସେଥିରେ ଯୀଶୁ ପୁନର୍ବାର ଅନ୍ତରରେ ବିରକ୍ତ ହୋଇ ସମାଧି ନିକଟକୁ ଆସିଲେ। … ପୁଣି, ସେ ପିତର, ଯାକୁବ ଓ ଯୋହନଙ୍କୁ ସାଙ୍ଗରେ ଘେନି ଅତ୍ୟନ୍ତ ବିସ୍ମୟାନ୍ୱିତ ଓ ବ୍ୟାକୁଳ ହେବାକୁ ଲାଗିଲେ। ସେଥିରେ ଯୀଶୁ ସେମାନଙ୍କୁ କହିଲେ, "ମୋହର ପ୍ରାଣ ମୃତ୍ୟୁଭୋଗ କରିବା ପରି ଅତ୍ୟନ୍ତ ଶୋକାକୁଳ ହେଉଅଛି; ତୁମ୍ଭେମାନେ ଏଠାରେ ରହି ଜାଗିଥାଅ।" ପୁଣି, ଯୀଶୁ ଅଳ୍ପ ଦୂର ଆଗକୁ ଯାଇ ଭୂମିରେ ପଡ଼ି, ଯଦି ହୋଇପାରେ, ସେହି ସମୟ ତାହାଙ୍କଠାରୁ ଯେପରି ଦୂର ହୁଏ, ଏଥିନିମନ୍ତେ ପ୍ରାର୍ଥନା କରିବାକୁ ଲାଗିଲେ। ଆଉ ଯୀଶୁ କହିଲେ, "ଆବ୍ବା, ପିତଃ, ସମସ୍ତ ତୁମ୍ଭର ସାଧ୍ୟ; ଏହି ପାନପାତ୍ର ମୋ'ଠାରୁ ଦୂର କର; ତଥାପି ମୋହର ଇଚ୍ଛା ନୁହେଁ, ମାତ୍ର ତୁମ୍ଭର ଇଚ୍ଛା।"

**_Spiritual Warfare Cards.com_**

*Indian Revised Version · CC BY-SA 4.0 · Bridge Connectivity Solutions*

ଯୋହନ *13:14-17, 20 (IRV)*

# ତୁମ୍ଭମାନଙ୍କ ପ୍ରତି ମୁଁ ଯେପରି କରିଅଛି, ତୁମ୍ଭେମାନେ ମଧ୍ୟ ଯେ ସେପରି କର... ଦାସ ଆପଣା କର୍ତ୍ତାଠାରୁ ଶ୍ରେଷ୍ଠ ନୁହେଁ

---

ଅତଏବ, ପ୍ରଭୁ ଓ ଗୁରୁ ଯେ ମୁଁ, ମୁଁ ଯଦି ତୁମ୍ଭମାନଙ୍କର ପାଦ ଧୋଇ ଦେଇଅଛି, ତେବେ ତୁମ୍ଭମାନଙ୍କର ମଧ୍ୟ ପରସ୍ପରର ପାଦ ଧୋଇବା କର୍ତ୍ତବ୍ୟ। କାରଣ ତୁମ୍ଭମାନଙ୍କ ପ୍ରତି ମୁଁ ଯେପରି କରିଅଛି, ତୁମ୍ଭେମାନେ ମଧ୍ୟ ଯେ ସେପରି କର, ଏଥିନିମନ୍ତେ ମୁଁ ତୁମ୍ଭମାନଙ୍କୁ ଗୋଟିଏ ଆଦର୍ଶ ଦେଖାଇଅଛି। ସତ୍ୟ ସତ୍ୟ ମୁଁ ତୁମ୍ଭମାନଙ୍କୁ କହୁଅଛି, ଦାସ ଆପଣା କର୍ତ୍ତାଠାରୁ ଶ୍ରେଷ୍ଠ ନୁହେଁ, କିମ୍ବା ପ୍ରେରିତ ଆପଣା ପ୍ରେରକଠାରୁ ଶ୍ରେଷ୍ଠ ନୁହେଁ। ଯଦି ତୁମ୍ଭେମାନେ ଏହିସବୁ ଜାଣ, ତେବେ ସେହି ପ୍ରକାର କଲେ ତୁମ୍ଭେମାନେ ଧନ୍ୟ। ... ସତ୍ୟ ସତ୍ୟ ମୁଁ ତୁମ୍ଭମାନଙ୍କୁ କହୁଅଛି, ଯେ ମୋହର ପ୍ରେରିତ ବ୍ୟକ୍ତିଙ୍କୁ ଗ୍ରହଣ କରେ, ସେ ମୋତେ ଗ୍ରହଣ କରେ ଓ ଯେ ମୋତେ ଗ୍ରହଣ କରେ, ସେ ମୋହର ପ୍ରେରଣକର୍ତ୍ତାଙ୍କୁ ଗ୍ରହଣ କରେ।”

**Spiritual Warfare Cards.com**

*Indian Revised Version · CC BY-SA 4.0 · Bridge Connectivity Solutions*

ଯୋହନ 14:6, 9, 19; 10:9-11 (IRV)

# ମୁଁ ପଥ, ସତ୍ୟ ଓ ଜୀବନ… ମୁଁ ଜୀବିତ, ଆଉ ତୁମ୍ଭେମାନେ ମଧ୍ୟ ଜୀବିତ ରହିବ

ଯୀଶୁ ତାହାଙ୍କୁ କହିଲେ, "ମୁଁ ପଥ, ସତ୍ୟ ଓ ଜୀବନ; ମୋ' ଦେଇ ନ ଗଲେ କେହି ପିତାଙ୍କ ନିକଟକୁ ଯାଏ ନାହିଁ। … ଯୀଶୁ ତାହାଙ୍କୁ କହିଲେ, "ଫିଲିପ୍ପ, ଏତେ କାଳ ମୁଁ ତୁମ୍ଭମାନଙ୍କ ସାଙ୍ଗରେ ଅଛି, ଆଉ ତୁମ୍ଭେ କଅଣ ମୋତେ ଜାଣିଲ ନାହିଁ? ଯେ ମୋତେ ଦର୍ଶନ କରିଅଛି, ସେ ପିତାଙ୍କୁ ଦର୍ଶନ କରିଅଛି; ଆମ୍ଭମାନଙ୍କୁ ପିତାଙ୍କୁ ଦର୍ଶନ କରାଉନ୍ତୁ ବୋଲି ତୁମ୍ଭେ କିପରି କହୁଅଛ? … ଅଳ୍ପମାତ୍ର ସମୟ ରହିଲା, ଜଗତ ମୋତେ ଆଉ ଦେଖିବ ନାହିଁ; ମାତ୍ର ତୁମ୍ଭେମାନେ ମୋତେ ଦେଖିବ, କାରଣ ମୁଁ ଜୀବିତ, ଆଉ ତୁମ୍ଭେମାନେ ମଧ୍ୟ ଜୀବିତ ରହିବ। … ମୁଁ ଦ୍ୱାର, ଯଦି କେହି ମୋ' ଦେଇ ପ୍ରବେଶ କରେ, ତାହାହେଲେ ସେ ରକ୍ଷା ପାଇବ ଏବଂ ଭିତରକୁ ଆସି ଓ ବାହାରକୁ ଯାଇ ଚରା ପାଇବ। ଚୋର କେବଳ ଚୋରି, ବଧ ଓ ବିନାଶ କରିବା ନିମନ୍ତେ ଆସେ; ସେମାନେ ଯେପରି ଜୀବନ ପାଆନ୍ତି ଓ ପ୍ରଚୁର ଭାବରେ ପାଆନ୍ତି, ଏଥିନିମନ୍ତେ ମୁଁ ଆସିଅଛି। ମୁଁ ଉତ୍ତମ ମେଷପାଳକ; ଉତ୍ତମ ମେଷପାଳକ ମେଷଗୁଡ଼ିକ ନିମନ୍ତେ ଆପଣା ପ୍ରାଣ ଦିଏ।

**Spiritual Warfare Cards.com**

*Indian Revised Version · CC BY-SA 4.0 · Bridge Connectivity Solutions*

ଯୋହନ *15:1-2, 4-5 (IRV)*

# ମୋ’ ଠାରେ ରୁହ... ଶାଖା ଯେପରି ଦ୍ରାକ୍ଷାଲତାରେ ନ ରହିଲେ ନିଜରୁ ଫଳ ଫଳି ପାରେ ନାହିଁ

---

“ମୁଁ ପ୍ରକୃତ ଦ୍ରାକ୍ଷାଲତା, ପୁଣି, ମୋହର ପିତା କୃଷକ। ମୋ’ ଠାରେ ଥିବା ଯେକୌଣସି ଶାଖା ଫଳ ନ ଫଳେ, ତାହା ସେ କାଟିପକାନ୍ତି; ଆଉ, ଯେକୌଣସି ଶାଖା ଫଳ ଫଳେ, ଅଧିକ ଫଳ ଫଳିବା ନିମନ୍ତେ ସେ ତାହା ପରିଷ୍କାର କରନ୍ତି। ... ମୋ’ ଠାରେ ରୁହ, ସେଥିରେ ମୁଁ ତୁମ୍ଭମାନଙ୍କଠାରେ ରହିବି। ଶାଖା ଯେପରି ଦ୍ରାକ୍ଷାଲତାରେ ନ ରହିଲେ ନିଜରୁ ଫଳ ଫଳି ପାରେ ନାହିଁ, ସେହିପରି ତୁମ୍ଭେମାନେ ମଧ୍ୟ ମୋ’ ଠାରେ ନ ରହିଲେ ଫଳ ଫଳି ପାର ନାହିଁ। ମୁଁ ଦ୍ରାକ୍ଷାଲତା, ତୁମ୍ଭେମାନେ ଶାଖା; ଯେ ମୋ’ ଠାରେ ରହେ ଓ ମୁଁ ଯାହାଠାରେ ରହେ, ସେ ପ୍ରଚୁର ଫଳ ଫଳେ; କାରଣ ମୋ’ ବିନା ତୁମ୍ଭେମାନେ କିଛି କରିପାର ନାହିଁ।



*Indian Revised Version · CC BY-SA 4.0 · Bridge Connectivity Solutions*

ଯୋହନ 17:3-6 (IRV)

# ଏକମାତ୍ର ସତ୍ୟ ଈଶ୍ୱର ଯେ ତୁମ୍ଭେ... ତୁମ୍ଭର ପ୍ରେରିତ ଯୀଶୁ ଖ୍ରୀଷ୍ଟଙ୍କୁ ଜାଣିବା ଅନନ୍ତ ଜୀବନ ଅଟେ

---

ଆଉ, ଏକମାତ୍ର ସତ୍ୟ ଈଶ୍ୱର ଯେ ତୁମ୍ଭେ, ତୁମ୍ଭଙ୍କୁ ଓ ତୁମ୍ଭର ପ୍ରେରିତ ଯୀଶୁ ଖ୍ରୀଷ୍ଟଙ୍କୁ ଜାଣିବା ଅନନ୍ତ ଜୀବନ ଅଟେ। ତୁମ୍ଭେ ମୋତେ ଯେଉଁ କର୍ମ କରିବାକୁ ଦେଇଅଛ, ତାହା ମୁଁ ସମାପ୍ତ କରି ପୃଥିବୀରେ ତୁମ୍ଭଙ୍କୁ ମହିମାନ୍ୱିତ କରିଅଛି। ଆଉ ଏବେ, ହେ ପିତା, ଜଗତର ସୃଷ୍ଟି ପୂର୍ବେ ତୁମ୍ଭ ସହିତ ମୋହର ଯେଉଁ ମହିମା ଥିଲା, ତଦ୍ୱାରା ତୁମ୍ଭେ ମୋତେ ତୁମ୍ଭ ସହିତ ମହିମାନ୍ୱିତ କର।" "ତୁମ୍ଭେ ମୋତେ ଜଗତ ମଧ୍ୟରୁ ଯେଉଁ ଲୋକମାନଙ୍କୁ ଦାନ କଲ, ମୁଁ ସେମାନଙ୍କ ନିକଟରେ ତୁମ୍ଭର ନାମ ପ୍ରକାଶ କରିଅଛି; ସେମାନେ ତୁମ୍ଭର ଥିଲେ ଓ ତୁମ୍ଭେ ସେମାନଙ୍କୁ ମୋତେ ଦାନ କଲ, ଆଉ ସେମାନେ ତୁମ୍ଭର ବାକ୍ୟ ପାଳନ କରିଅଛନ୍ତି।



Indian Revised Version · CC BY-SA 4.0 · Bridge Connectivity Solutions

# ଧନର ମାୟା ଏବଂ ଅନ୍ୟ ସମସ୍ତ ବିଷୟର ଲାଳସା... ବାକ୍ୟକୁ ଚାପିପକାଏ

ବୁଣାଳୀ ବାକ୍ୟ ବୁଣେ। ଯେଉଁମାନେ ଶୁଣନ୍ତି, ପୁଣି, ଶୁଣିବାକ୍ଷଣି ଶୟତାନ ଆସି ସେମାନଙ୍କଠାରେ ବୁଣାଯାଇଥିବା ବାକ୍ୟ ହରଣ କରିନିଏ, ସେମାନେ ବାକ୍ୟ ବୁଣାଯାଇଥିବା ବାଟ ପାଖ ଭୂମି ସଦୃଶ। ସେହିପରି ଯେଉଁମାନେ ବାକ୍ୟ ଶୁଣିବାକ୍ଷଣି ଆନନ୍ଦରେ ତାହା ଗ୍ରହଣ କରନ୍ତି, କିନ୍ତୁ ସେମାନଙ୍କଠାରେ ଚେର ନ ମାଡ଼ିବାରୁ କ୍ଷଣକାଳମାତ୍ର ସ୍ଥିର ରୁହନ୍ତି, ପରେ ବାକ୍ୟ ସକାଶେ କ୍ଲେଶ ବା ତାଡ଼ନା ଘଟିଲେ ସେହିକ୍ଷଣି ବିଘ୍ନ ପାଆନ୍ତି, ସେମାନେ ବୁଣାଯାଇଥିବା ପଥୁରିଆ ଭୂମି ସଦୃଶ। ଆଉ ଯେଉଁମାନେ ବାକ୍ୟ ଶୁଣନ୍ତି, ପୁଣି, ସାଂସାରିକ ଚିନ୍ତା, ଧନର ମାୟା ଏବଂ ଅନ୍ୟ ସମସ୍ତ ବିଷୟର ଲାଳସା ପ୍ରବେଶ କରି ବାକ୍ୟକୁ ଚାପିପକାଏ ଓ ତାହା ଫଳହୀନ ହୁଏ, ସେହି ଅନ୍ୟ ପ୍ରକାର ଲୋକେ ବୁଣାଯାଇଥିବା କଣ୍ଟକମୟ ଭୂମି ସଦୃଶ। ଆଉ ଯେଉଁମାନେ ବାକ୍ୟ ଶୁଣି ତାହା ଗ୍ରହଣ କରନ୍ତି ଏବଂ ତିରିଶ ଗୁଣ, ଷାଠିଏ ଗୁଣ ଓ ଶହେ ଗୁଣ ଫଳ ଫଳନ୍ତି, ସେମାନେ ବୁଣାଯାଇଥିବା ଉତ୍ତମ ଭୂମି ସଦୃଶ।”



*Indian Revised Version · CC BY-SA 4.0 · Bridge Connectivity Solutions*

ମାର୍କ 11:22-25 (IRV)

# ଈଶ୍ୱରଙ୍କଠାରେ ବିଶ୍ୱାସ ରଖ... ଯଦି କାହାରି ବିରୁଦ୍ଧରେ ତୁମ୍ଭମାନଙ୍କର କିଛି କଥା ଥାଏ, ତାହାହେଲେ କ୍ଷମା କର

---

ଯୀଶୁ ସେମାନଙ୍କୁ ଉତ୍ତର ଦେଲେ, "ଈଶ୍ୱରଙ୍କଠାରେ ବିଶ୍ୱାସ ରଖ। ମୁଁ ତୁମ୍ଭମାନଙ୍କୁ ସତ୍ୟ କହୁଅଛି, ଯେ କେହି ଏହି ପର୍ବତକୁ 'ତୁ ଉଠି ସମୁଦ୍ରରେ ଯାଇ ପଡ଼' ବୋଲି କହିବ, ଆଉ ଆପଣା ହୃଦୟରେ ସନ୍ଦେହ ନ କରି, ଯାହା କହୁଅଛି, ତାହା ଘଟିବ ବୋଲି ବିଶ୍ୱାସ କରିବ, ତା' ନିମନ୍ତେ ତାହା ଘଟିବ। ଅତଏବ, ମୁଁ ତୁମ୍ଭମାନଙ୍କୁ କହୁଅଛି, ତୁମ୍ଭେମାନେ ଯାହା ଯାହା ପ୍ରାର୍ଥନା କର ଓ ମାଗ, ସେ ସବୁ ପାଇଅଛ ବୋଲି ବିଶ୍ୱାସ କର, ସେଥିରେ ସେହିସବୁ ପାଇବ। ପୁଣି, ତୁମ୍ଭେମାନେ ଯେକୌଣସି ସମୟରେ ପ୍ରାର୍ଥନା କରିବାକୁ ଠିଆ ହୁଅ, ଯଦି କାହାରି ବିରୁଦ୍ଧରେ ତୁମ୍ଭମାନଙ୍କର କିଛି କଥା ଥାଏ, ତାହାହେଲେ କ୍ଷମା କର, ଯେପରି ତୁମ୍ଭମାନଙ୍କ ସ୍ୱର୍ଗସ୍ଥ ପିତା ମଧ୍ୟ ତୁମ୍ଭମାନଙ୍କର ଅପରାଧସବୁ କ୍ଷମା କରିବେ।

**Spiritual Warfare Cards.com**

*Indian Revised Version · CC BY-SA 4.0 · Bridge Connectivity Solutions*

୧ କରିନ୍ଥୀୟ 3:10-15 (IRV)

# ପ୍ରତ୍ୟେକ ଲୋକ ତାହା ଉପରେ କିପରି ନିର୍ମାଣ କରେ, ସେ ସମ୍ବନ୍ଧରେ ସାବଧାନ ହେଉ... ସେହି ଭିତ୍ତିମୂଳ ଯୀଶୁ ଖ୍ରୀଷ୍ଟ... ସେହି ଅଗ୍ନି ପରୀକ୍ଷା କରିବ

ମୋତେ ଦିଆଯାଇଥିବା ଈଶ୍ୱରଙ୍କ ଅନୁଗ୍ରହ ଅନୁସାରେ ମୁଁ ଜଣେ ବୁଦ୍ଧିମାନ ଗୃହ ନିର୍ମାଣକାରୀ ତୁଲ୍ୟ ଭିତ୍ତିମୂଳ ସ୍ଥାପନ କରେ, ଅନ୍ୟ ଜଣେ ତାହା ଉପରେ ନିର୍ମାଣ କରେ। କିନ୍ତୁ ପ୍ରତ୍ୟେକ ଲୋକ ତାହା ଉପରେ କିପରି ନିର୍ମାଣ କରେ, ସେ ସମ୍ବନ୍ଧରେ ସାବଧାନ ହେଉ। କାରଣ ଯେଉଁ ଭିତ୍ତିମୂଳ ସ୍ଥାପିତ ହୋଇଅଛି, ତାହା ବ୍ୟତୀତ ଅନ୍ୟ ଭିତ୍ତିମୂଳ କେହି ସ୍ଥାପନ କରିପାରେ ନାହିଁ, ସେହି ଭିତ୍ତିମୂଳ ଯୀଶୁ ଖ୍ରୀଷ୍ଟ। କିନ୍ତୁ ଯଦି କେହି ସେହି ଭିତ୍ତିମୂଳ ଉପରେ ସୁନା, ରୂପା, ବହୁମୂଲ୍ୟ ପଥର, କାଠ, ଘାସ ବା ଛଣ ଦେଇ ନିର୍ମାଣ କରେ, ତାହାହେଲେ ପ୍ରତ୍ୟେକ ଜଣର କର୍ମ କି ପ୍ରକାର, ତାହା ପ୍ରକାଶ ପାଇବ, କାରଣ ସେହି ଦିନ ତାହା ପ୍ରକାଶ କରିବ, ଯେଣୁ ସେହି ଦିନ ଅଗ୍ନି ସହିତ ପ୍ରକାଶିତ ହେବ, ଆଉ ପ୍ରତ୍ୟେକ ଲୋକର କର୍ମ କି ପ୍ରକାର, ସେହି ଅଗ୍ନି ପରୀକ୍ଷା କରିବ। ଯେ ଯାହା ନିର୍ମାଣ କରିଅଛି, ତାହାର ସେହି କର୍ମ ଯଦି ରହିବ, ତେବେ ସେ ପୁରସ୍କାର ପାଇବ; ଯଦି କାହାରି କର୍ମ ପୋଡ଼ିଯିବ, ତାହାର କ୍ଷତି ହେବ, ତଥାପି ସେ ନିଜେ ରକ୍ଷା ପାଇବ, କିନ୍ତୁ ତାହା ଅଗ୍ନି ମଧ୍ୟ ଦେଇ ଗମନ କଲା ପରି ହେବ।



***Spiritual Warfare Cards.com***

*Indian Revised Version · CC BY-SA 4.0 · Bridge Connectivity Solutions*

୧ କରିନ୍ଥୀୟ 3:5-7, 21-23 (IRV)

# ଈଶ୍ୱର ବୃଦ୍ଧି ସାଧନ କରିଅଛନ୍ତି... କେହି ମନୁଷ୍ୟଠାରେ ଗର୍ବ ନ କରୁ... ତୁମ୍ଭେମାନେ ଖ୍ରୀଷ୍ଟଙ୍କର

ଆପଲ୍ଲ କିଏ? ପାଉଲ ବା କିଏ? ସେମାନେ ତ ସେବକ ମାତ୍ର, ଯେଉଁମାନଙ୍କ ଦ୍ୱାରା, ପ୍ରତ୍ୟେକକୁ ପ୍ରଭୁ ଯେପରି ଦେଇଅଛନ୍ତି, ତଦନୁସାରେ ତୁମ୍ଭେମାନେ ବିଶ୍ୱାସ କରିଅଛ। ମୁଁ ରୋପଣ କରିଅଛି, ଆପଲ୍ଲ ଜଳ ସେଚନ କରିଅଛନ୍ତି, କିନ୍ତୁ ଈଶ୍ୱର ବୃଦ୍ଧି ସାଧନ କରିଅଛନ୍ତି। ଅତଏବ, ଯେ ରୋପଣ କରେ କିମ୍ବା ଯେ ଜଳ ସେଚନ କରେ, ସେ କିଛି ନୁହେଁ, ମାତ୍ର ବୃଦ୍ଧି ସାଧନ କରନ୍ତି ଯେ ଈଶ୍ୱର, ସେ ସାର। ... ଅତଏବ, କେହି ମନୁଷ୍ୟଠାରେ ଗର୍ବ ନ କରୁ; କାରଣ ସମସ୍ତ ବିଷୟ ତୁମ୍ଭମାନଙ୍କର ପାଉଲ କୁହ କି ଆପଲ୍ଲ କୁହ କି କୈଫା କୁହ, ଜଗତ କୁହ କି ଜୀବନ କୁହ କି ମରଣ କୁହ, ବର୍ତ୍ତମାନ ବିଷୟ କୁହ କି ଭବିଷ୍ୟତ ବିଷୟ କୁହ, ସମସ୍ତ ହିଁ ତୁମ୍ଭମାନଙ୍କର, ଏବଂ ତୁମ୍ଭେମାନେ ଖ୍ରୀଷ୍ଟଙ୍କର, ପୁଣି, ଖ୍ରୀଷ୍ଟ ଈଶ୍ୱରଙ୍କର।

**Spiritual Warfare Cards.com**

*Indian Revised Version · CC BY-SA 4.0 · Bridge Connectivity Solutions*

୧ କରିନ୍ଥୀୟ 4:4-7 (IRV)

# ପ୍ରଭୁଙ୍କ ନ ଆସିବା ପର୍ଯ୍ୟନ୍ତ... ହୃଦୟର ସଂକଳ୍ପସମସ୍ତ ପ୍ରକାଶ କରିବେ... କାହିଁକି ଗର୍ବ କରୁଅଛ?

---

କାରଣ ମୁଁ ନିଜ ବିରୁଦ୍ଧରେ କିଛି ଜାଣେ ନାହିଁ, ତଥାପି ଏଥିରେ ମୁଁ ନିର୍ଦ୍ଦୋଷ ବୋଲି ପ୍ରମାଣିତ ହୋଇ ନାହିଁ କିନ୍ତୁ ଯେ ମୋହର ବିଚାର କରନ୍ତି, ସେ ପ୍ରଭୁ। ତେଣୁ, ସମୟର ପୂର୍ବେ ପ୍ରଭୁଙ୍କ ନ ଆସିବା ପର୍ଯ୍ୟନ୍ତ କୌଣସି ବିଷୟ ବିଚାର କର ନାହିଁ ସେ ଅନ୍ଧକାରର ଗୁପ୍ତ ବିଷୟଗୁଡ଼ିକ ଆଲୋକରେ ଦେଖାଇବେ, ପୁଣି, ହୃଦୟର ସଂକଳ୍ପସମସ୍ତ ପ୍ରକାଶ କରିବେ ସେତେବେଳେ ପ୍ରତ୍ୟେକ ଜଣ ଈଶ୍ୱରଙ୍କଠାରୁ ପ୍ରଶଂସା ପାଇବ। ହେ ଭାଇମାନେ, ମୁଁ ତୁମ୍ଭମାନଙ୍କ ଶିକ୍ଷା ନିମନ୍ତେ ଏହିସବୁ କଥା ମୋ’ ନିଜକୁ ଓ ଆପଲ୍ଲଙ୍କୁ ଲକ୍ଷ୍ୟ କରି ଦୃଷ୍ଟାନ୍ତ ଦେଲି, ଯେପରି ଯାହା ଲିଖିତ ଅଛି, ତାହା ଅତିକ୍ରମ କର ନାହିଁ, ଏହା ତୁମ୍ଭେମାନେ ଆମ୍ଭମାନଙ୍କଠାରୁ ଶିକ୍ଷା କର, ପୁଣି, ଯେପରି ତୁମ୍ଭମାନଙ୍କ ମଧ୍ୟରୁ କେହି ଜଣକର ସପକ୍ଷ ଓ ଅନ୍ୟ ଜଣକର ବିପକ୍ଷ ହୋଇ ଗର୍ବୀ ନ ହୁଅ। କାରଣ କିଏ ତୁମ୍ଭକୁ ଶ୍ରେଷ୍ଠ କରିଅଛି? ଆଉ, ଯାହା ତୁମ୍ଭେ ଦାନ ସ୍ୱରୂପେ ପାଇ ନାହଁ, ଏପରି ତୁମ୍ଭର କଅଣ ଅଛି? କିନ୍ତୁ ଯଦି ତୁମ୍ଭେ ତାହା ଦାନ ସ୍ୱରୂପେ ପାଇଅଛ, ତେବେ ତାହା ଦାନ ସ୍ୱରୂପେ ପାଇ ନ ଥିଲା ପରି କାହିଁକି ଗର୍ବ କରୁଅଛ?

**_Spiritual Warfare Cards.com_**

*Indian Revised Version · CC BY-SA 4.0 · Bridge Connectivity Solutions*

୨ କରିନ୍ଥୀୟ 10:3-5, 17-18 (IRV)

# ତର୍କବିତର୍କସବୁ ଓ ଈଶ୍ୱରଙ୍କ ଜ୍ଞାନ ବିରୁଦ୍ଧରେ ଉତ୍ଥିତ ସମସ୍ତ ଉଚ୍ଚ ବିଷୟ ଭୂମିସାତ୍ କରୁ... ପ୍ରତ୍ୟେକ କଳ୍ପନାକୁ ଖ୍ରୀଷ୍ଟଙ୍କ ବାଧ୍ୟ ହେବା ନିମନ୍ତେ ବନ୍ଦୀ କରୁ

---

କାରଣ ଆମ୍ଭେମାନେ ଶରୀରରେ ଥାଇ ଆଚରଣ କରୁଅଛୁ ସତ୍ୟ, କିନ୍ତୁ ଆମ୍ଭେମାନେ ଶାରୀରିକ ଭାବରେ ଯୁଦ୍ଧ କରୁ ନାହୁଁ, (ଯେଣୁ ଆମ୍ଭମାନଙ୍କ ଯୁଦ୍ଧର ଅସ୍ତ୍ରଶସ୍ତ୍ର ଶାରୀରିକ ନୁହେଁ, ମାତ୍ର ଦୃଢ଼ ଗଡ଼ ଭୂମିସାତ୍ କରିବା ନିମନ୍ତେ ଈଶ୍ୱରଙ୍କ ଦୃଷ୍ଟିରେ ସେହିସବୁ ଶକ୍ତିଯୁକ୍ତ ଅଟେ); ଆମ୍ଭେମାନେ ତର୍କବିତର୍କସବୁ ଓ ଈଶ୍ୱରଙ୍କ ଜ୍ଞାନ ବିରୁଦ୍ଧରେ ଉତ୍ଥିତ ସମସ୍ତ ଉଚ୍ଚ ବିଷୟ ଭୂମିସାତ୍ କରୁ, ପୁଣି, ପ୍ରତ୍ୟେକ କଳ୍ପନାକୁ ଖ୍ରୀଷ୍ଟଙ୍କ ବାଧ୍ୟ ହେବା ନିମନ୍ତେ ବନ୍ଦୀ କରୁ, ... କିନ୍ତୁ ଯେ ଦର୍ପ କରେ, ସେ ପ୍ରଭୁଙ୍କଠାରେ ଦର୍ପ କରୁ। କାରଣ ଯେ ନିଜର ପ୍ରଶଂସା କରେ, ସେ ପରୀକ୍ଷାସିଦ୍ଧ ନୁହେଁ, ମାତ୍ର ପ୍ରଭୁ ଯାହାର ପ୍ରଶଂସା କରନ୍ତି, ସେ ପରୀକ୍ଷାସିଦ୍ଧ।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

୨ କରିନ୍ଥୀୟ 5:4, 10, 17, 20-21 (IRV)

# ଯଦି କେହି ଖ୍ରୀଷ୍ଟଙ୍କଠାରେ ଅଛି, ତେବେ ସେ ନୂତନ ସୃଷ୍ଟି ହୋଇଅଛି ପୁରାତନ ବିଷୟସବୁ ଲୋପ ପାଇଅଛି... ନୂତନ ବିଷୟସବୁ ହୋଇଅଛି

---


କାରଣ ଆମ୍ଭେମାନେ ଏହି ତମ୍ବୁରେ ବାସ କରି ଭାରଗ୍ରସ୍ତ ହୋଇ ଆର୍ତ୍ତନାଦ କରୁଅଛୁ; ଯେଣୁ ଆମ୍ଭେମାନେ ଯେ ପରିଚ୍ଛଦ ତ୍ୟାଗ କରିବାକୁ ଇଚ୍ଛା କରୁ, ତାହା ନୁହେଁ, ମାତ୍ର ଜୀବନ ଯେପରି ମର୍ତ୍ତ୍ୟକୁ ଗ୍ରାସ କରେ, ଏଥିନିମନ୍ତେ ଏହି ପରିଚ୍ଛଦ ଉପରେ ଅନ୍ୟ ବସ୍ତ୍ର ପରିଧାନ କରିବାକୁ ଆମ୍ଭେମାନେ ଇଚ୍ଛା କରୁଅଛୁ। ... କାରଣ ଭଲ ହେଉ ବା ମନ୍ଦ ହେଉ, ପ୍ରତ୍ୟେକ ଜଣ ଆପଣା ଶରୀର ଦ୍ୱାରା କୃତ କର୍ମାନୁସାରେ ଫଳ ପାଇବା ନିମନ୍ତେ ଖ୍ରୀଷ୍ଟଙ୍କ ବିଚାରାସନ ଛାମୁରେ ଆମ୍ଭ ସମସ୍ତଙ୍କୁ ଉପସ୍ଥିତ ହେବାକୁ ହେବ। ... ଏଣୁ ଯଦି କେହି ଖ୍ରୀଷ୍ଟଙ୍କଠାରେ ଅଛି, ତେବେ ସେ ନୂତନ ସୃଷ୍ଟି ହୋଇଅଛି ପୁରାତନ ବିଷୟସବୁ ଲୋପ ପାଇଅଛି, ଦେଖ, ନୂତନ ବିଷୟସବୁ ହୋଇଅଛି। ... ଅତଏବ, ଈଶ୍ୱର ଆମ୍ଭମାନଙ୍କ ଦ୍ୱାରା ଆହ୍ୱାନ କରୁଥିବାରୁ ଆମ୍ଭେମାନେ ଖ୍ରୀଷ୍ଟଙ୍କ ପକ୍ଷରେ ରାଜଦୂତର କର୍ମ କରୁଅଛୁ; ଖ୍ରୀଷ୍ଟଙ୍କ ପକ୍ଷରୁ ଆମ୍ଭେମାନେ ନିବେଦନ କରୁଅଛୁ, ତୁମ୍ଭେମାନେ ଈଶ୍ୱରଙ୍କ ସହିତ ସମ୍ମିଳିତ ହୁଅ। ଯାହାଙ୍କଠାରେ ପାପର ଲେଶମାତ୍ର ନ ଥିଲା, ତାହାଙ୍କୁ ସେ ଆମ୍ଭମାନଙ୍କ ନିମନ୍ତେ ପାପ ସ୍ୱରୂପ କଲେ, ଯେପରି ଆମ୍ଭେମାନେ ତାହାଙ୍କ ଦ୍ୱାରା ଈଶ୍ୱରଙ୍କର ଧାର୍ମିକତାସ୍ୱରୂପ ହେଉ।

***Spiritual Warfare Cards.com***

*Indian Revised Version · CC BY-SA 4.0 · Bridge Connectivity Solutions*

ଗାଲାତୀୟ 3:2-3; 5:1, 4, 13-14 (IRV)

# ସ୍ୱାଧୀନତା ନିମନ୍ତେ ଖ୍ରୀଷ୍ଟ ଆମ୍ଭମାନଙ୍କୁ ମୁକ୍ତ କରିଅଛନ୍ତି... ତୁମ୍ଭର ସ୍ୱାଧୀନତାକୁ ଶାରୀରିକ ଅଭିଳାଷ ପୂରଣ ନିମନ୍ତେ ସୁଯୋଗ ସ୍ୱରୂପେ ବ୍ୟବହାର ନ କର



ମୁଁ ତୁମ୍ଭମାନଙ୍କଠାରୁ କେବଳ ଏହା ଜାଣିବାକୁ ଇଚ୍ଛା କରେ, ତୁମ୍ଭେମାନେ କଅଣ ମୋଶାଙ୍କ ବ୍ୟବସ୍ଥାର କର୍ମ ହେତୁ ନା ବିଶ୍ୱାସରେ ସୁସମାଚାର ଶୁଣିବା ହେତୁ ପବିତ୍ର ଆତ୍ମା ପାଇଥିଲ? ତୁମ୍ଭେମାନେ କଅଣ ଏପରି ନିର୍ବୋଧ? ପବିତ୍ର ଆତ୍ମାରେ ଆରମ୍ଭ କରି ତୁମ୍ଭେମାନେ କି ଏବେ ଶରୀରରେ ସିଦ୍ଧ ହେବାକୁ ଯାଉଅଛ? ... ସ୍ୱାଧୀନତା ନିମନ୍ତେ ଖ୍ରୀଷ୍ଟ ଆମ୍ଭମାନଙ୍କୁ ମୁକ୍ତ କରିଅଛନ୍ତି; ଅତଏବ ସ୍ଥିର ହୋଇ ରୁହ ଏବଂ ଦାସତ୍ୱ ଜୁଆଳିରେ ଆଉ ଥରେ ଯୋଚା ନ ଯାଅ| ... ତୁମ୍ଭେମାନେ ଯେତେ ଲୋକ ମୋଶାଙ୍କ ବ୍ୟବସ୍ଥା ଦ୍ୱାରା ଧାର୍ମିକ ଗଣିତ ହେବାକୁ ଚାହୁଁଅଛ, ତୁମ୍ଭେମାନେ ଖ୍ରୀଷ୍ଟଙ୍କଠାରୁ ବିଚ୍ଛିନ୍ନ ହୋଇଅଛ, ତୁମ୍ଭେମାନେ ଅନୁଗ୍ରହରୁ ପତିତ ହୋଇଅଛ| ... କାରଣ, ହେ ଭାଇମାନେ, ତୁମ୍ଭେମାନେ ସ୍ୱାଧୀନତା ନିମନ୍ତେ ଆହୂତ ହୋଇଅଛ; କେବଳ ତୁମ୍ଭର ସ୍ୱାଧୀନତାକୁ ଶାରୀରିକ ଅଭିଳାଷ ପୂରଣ ନିମନ୍ତେ ସୁଯୋଗ ସ୍ୱରୂପେ ବ୍ୟବହାର ନ କର, ବରଂ ପ୍ରେମରେ ପରସ୍ପରର ସେବା କର| କାରଣ ସମସ୍ତ ମୋଶାଙ୍କ ବ୍ୟବସ୍ଥା ଏହି ଗୋଟିଏ ବାକ୍ୟରେ ସିଦ୍ଧ ହୁଏ, "ତୁମ୍ଭେ ଆପଣା ପ୍ରତିବାସୀକୁ ଆତ୍ମତୁଲ୍ୟ ପ୍ରେମ କର|"

***Spiritual Warfare Cards.com***

*Indian Revised Version · CC BY-SA 4.0 · Bridge Connectivity Solutions*

ଗାଲାତୀୟ 5:16-17, 19-24 (IRV)

# ଆତ୍ମାଙ୍କ ଦ୍ୱାରା ଆଚରଣ କର... ପବିତ୍ର ଆତ୍ମାଙ୍କ ଫଳ ପ୍ରେମ

ମୋହର ଭାବ ଏହି, ଆତ୍ମାଙ୍କ ଦ୍ୱାରା ଆଚରଣ କର, ତାହାହେଲେ ତୁମ୍ଭେମାନେ ଶରୀରର ଅଭିଳାଷ ପୂର୍ଣ୍ଣ କରିବ ନାହିଁ। କାରଣ ଶରୀରର ଅଭିଳାଷ ଆତ୍ମାଙ୍କ ପ୍ରତିକୂଳ, ଆଉ ଆତ୍ମାଙ୍କ ଅଭିଳାଷ ଶରୀରର ପ୍ରତିକୂଳ, ଯେଣୁ ଏହି ଦୁଇ ପରସ୍ପରର ବିପରୀତ; ଫଳତଃ ତୁମ୍ଭେମାନେ ଯାହା ଯାହା ଇଚ୍ଛା କର, ସେହିସବୁ କରିପାର ନାହିଁ। ... ଶରୀରର କାର୍ଯ୍ୟଗୁଡ଼ାକ ତ ସ୍ପଷ୍ଟ ରୂପେ ଜଣା, ବ୍ୟଭିଚାର, ଅଶୁଚିତା କାମୁକତା, ପ୍ରତିମାପୂଜା, ନରହତ୍ୟା, କୁହୁକ, ଶତ୍ରୁତା, ବିବାଦ, ଦ୍ୱେଷ, କ୍ରୋଧ, ସ୍ୱାର୍ଥପରତା, ଦଳଭେଦ, ମତଭେଦ, ଈର୍ଷା, ମତ୍ତତା, ରଙ୍ଗରସ, ଇତ୍ୟାଦି ପ୍ରକାର କର୍ମଗୁଡ଼ାକ; ମୁଁ ପୂର୍ବରେ ଯେପରି ତୁମ୍ଭମାନଙ୍କୁ କହିଥିଲି, ସେହିପରି ଆଗରୁ କହୁଅଛି ଯେ, ଯେଉଁମାନେ ଏହି ସବୁପ୍ରକାର କର୍ମ କରନ୍ତି, ସେମାନେ ଈଶ୍ୱରଙ୍କ ରାଜ୍ୟର ଅଧିକାରୀ ହେବେ ନାହିଁ। କିନ୍ତୁ ପବିତ୍ର ଆତ୍ମାଙ୍କ ଫଳ ପ୍ରେମ, ଆନନ୍ଦ, ଶାନ୍ତି, ଦୀର୍ଘସହିଷ୍ଣୁତା, ପରୋପକାରିତା, ଭଦ୍ରତା, ବିଶ୍ୱସ୍ତତା, ମୃଦୁତା ଓ ଆତ୍ମସଂଯମ; ଏହି ସମସ୍ତ ବିରୁଦ୍ଧରେ କୌଣସି ମୋଶାଙ୍କ ବ୍ୟବସ୍ଥା ନାହିଁ। ଯେଉଁମାନେ ଖ୍ରୀଷ୍ଟ ଯୀଶୁଙ୍କର, ସେମାନେ ଶରୀରକୁ ସେଥିର କାମନା ଓ ଅଭିଳାଷ ସହିତ କ୍ରୁଶରେ ହତ କରିଅଛନ୍ତି।

**Spiritual Warfare Cards.com**

Indian Revised Version · CC BY-SA 4.0 · Bridge Connectivity Solutions

# ଈଶ୍ୱରପରାୟଣତା ଓ ଭଦ୍ରତା ସହ ଶାନ୍ତି ଓ ବାଧାହୀନ ଜୀବନଯାପନ କରିପାରୁ... ସର୍ବସାଧାରଣ ଲୋକଙ୍କ ପାଇଁ... ନିବେଦନ, ପ୍ରାର୍ଥନା



---

ଆମ୍ଭେମାନେ ଯେପରି ସର୍ବତୋଭାବେ ଈଶ୍ୱରପରାୟଣତା ଓ ଭଦ୍ରତା ସହ ଶାନ୍ତି ଓ ବାଧାହୀନ ଜୀବନଯାପନ କରିପାରୁ, ଏଥିନିମନ୍ତେ ସର୍ବସାଧାରଣ ଲୋକଙ୍କ ପାଇଁ, ରାଜା ଓ ଶାସନକର୍ତ୍ତା ସମସ୍ତଙ୍କ ପାଇଁ ନିବେଦନ, ପ୍ରାର୍ଥନା, ବିନତି ଓ ଧନ୍ୟବାଦ ଉତ୍ସର୍ଗ କରିବା ନିମନ୍ତେ ମୁଁ ସର୍ବ ପ୍ରଥମେ ଅନୁରୋଧ କରୁଅଛି। ଏହା ଆମ୍ଭମାନଙ୍କ ତ୍ରାଣକର୍ତ୍ତା ଈଶ୍ୱରଙ୍କ ଦୃଷ୍ଟିରେ ଉତ୍ତମ ଓ ସୁଗ୍ରାହ୍ୟ ଅଟେ; ସମସ୍ତେ ଯେପରି ପରିତ୍ରାଣ ଓ ସତ୍ୟ ବିଷୟରେ ଜ୍ଞାନ ପାଇ ପାରନ୍ତି, ଏହା ସେ ଇଚ୍ଛା କରନ୍ତି। କାରଣ ଏକମାତ୍ର ଈଶ୍ୱର ଅଛନ୍ତି, ଆଉ ଈଶ୍ୱର ଓ ମନୁଷ୍ୟମାନଙ୍କ ମଧ୍ୟରେ ଏକମାତ୍ର ମଧ୍ୟସ୍ଥ ଅଛନ୍ତି, ସେ ଖ୍ରୀଷ୍ଟ ଯୀଶୁ, ଜଣେ ମନୁଷ୍ୟ; ସେ ସମସ୍ତଙ୍କ ମୁକ୍ତିର ମୂଲ୍ୟ ସ୍ୱରୂପେ ଆପଣାକୁ ଦାନ କରି ଠିକ୍ ସମୟରେ ସେଥିର ସାକ୍ଷ୍ୟ ଦେଇଅଛନ୍ତି।

***Spiritual Warfare Cards.com***

*Indian Revised Version · CC BY-SA 4.0 · Bridge Connectivity Solutions*

୧ ତୀମଥି 6:17-20 (IRV)

# ଯେପରି ପ୍ରକୃତ ଜୀବନ ପ୍ରାପ୍ତ ହୁଅନ୍ତି... ତୁମ୍ଭଠାରେ ଯାହା ସମର୍ପିତ ହୋଇଅଛି, ତାହା ରକ୍ଷା କର

---

ଯେଉଁମାନେ ଏହିକାଳରେ ଧନୀ, ସେମାନେ ଯେପରି ଅହଙ୍କାରୀ ନ ହୋଇ ଏବଂ ଅସ୍ଥାୟୀ ଧନ ଉପରେ ନିର୍ଭର ନ କରି, ବରଂ ଉପଭୋଗ କରିବା ନିମନ୍ତେ ସମସ୍ତ ବିଷୟ ପ୍ରଚୁର ଭାବେ ଆମ୍ଭମାନଙ୍କୁ ଦାନ କରନ୍ତି ଯେଉଁ ଈଶ୍ୱର, ସେହି ଈଶ୍ୱର ଉପରେ ନିର୍ଭର କରନ୍ତି, ପୁଣି, ଅନ୍ୟର ଉପକାର କରି ସମସ୍ତ ସତ୍କର୍ମରେ ଧନୀ ହୁଅନ୍ତି ଆଉ ମୁକ୍ତ ହସ୍ତରେ ଓ ଉଦାର ଭାବରେ ଦାନ କରନ୍ତି, ଏଥିନିମନ୍ତେ ସେମାନଙ୍କୁ ଆଜ୍ଞା ଦିଅ; ଏହି ପ୍ରକାର କଲେ ସେମାନେ ଭାବୀ ଜୀବନ ନିମନ୍ତେ ପ୍ରକୃତ ମୂଳଧନ ଆପଣା ଆପଣା ପାଇଁ ସଞ୍ଚୟ କରିବେ, ଯେପରି ପ୍ରକୃତ ଜୀବନ ପ୍ରାପ୍ତ ହୁଅନ୍ତି। ହେ ତୀମଥି, ତୁମ୍ଭଠାରେ ଯାହା ସମର୍ପିତ ହୋଇଅଛି, ତାହା ରକ୍ଷା କର; ଅସାର ବକୁଆପଣ ଓ କଥା କଥାରେ ଜ୍ଞାନର ଯୁକ୍ତିତର୍କରୁ ବିମୁଖ ହୁଅ;

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

୨ ତୀମଥି 1:9-10, 13-14 (IRV)

# ସେ ଆମ୍ଭମାନଙ୍କୁ ପରିତ୍ରାଣ କରିଅଛନ୍ତି ଓ ପବିତ୍ର ଆହ୍ବାନରେ ଆହ୍ବାନ କରିଅଛନ୍ତି... ମୋʼଠାରୁ ଯେଉଁ ସବୁ ହିତଜନକ ବାକ୍ୟ ଶୁଣିଅଛ... ଆଦର୍ଶରୂପେ ଧରି ରଖ

---

ସେ ଆମ୍ଭମାନଙ୍କୁ ପରିତ୍ରାଣ କରିଅଛନ୍ତି ଓ ପବିତ୍ର ଆହ୍ବାନରେ ଆହ୍ବାନ କରିଅଛନ୍ତି; ଆମ୍ଭମାନଙ୍କ କର୍ମ ଅନୁସାରେ ସେ ତାହା କରି ନାହାନ୍ତି, ମାତ୍ର ତାହାଙ୍କ ନିଜ ସଂକଳ୍ପ ଓ ଅନୁଗ୍ରହ ଅନୁସାରେ କରିଅଛନ୍ତି; ସେହି ଅନୁଗ୍ରହ ଜଗତର ସୃଷ୍ଟି ପୂର୍ବେ ଖ୍ରୀଷ୍ଟ ଯୀଶୁଙ୍କଠାରେ ଆମ୍ଭମାନଙ୍କୁ ଦିଆଯାଇଥିଲା, କିନ୍ତୁ ଏବେ ଆମ୍ଭମାନଙ୍କ ତ୍ରାଣକର୍ତ୍ତା ଖ୍ରୀଷ୍ଟ ଯୀଶୁଙ୍କର ଆଗମନ ହେବା ଦ୍ୱାରା ପ୍ରକାଶିତ ହୋଇଅଛି; ସେ ମୃତ୍ୟୁକୁ ଲୋପ କରିଅଛନ୍ତି, ପୁଣି, ସୁସମାଚାର ଦ୍ୱାରା ଜୀବନ ଓ ଅମରତାକୁ ଆଲୋକରେ ପ୍ରକାଶ କରିଅଛନ୍ତି; ... ମୋʼଠାରୁ ଯେଉଁ ସବୁ ହିତଜନକ ବାକ୍ୟ ଶୁଣିଅଛ, ଖ୍ରୀଷ୍ଟ ଯୀଶୁଙ୍କ ସମ୍ବନ୍ଧୀୟ ବିଶ୍ୱାସ ଓ ପ୍ରେମରେ ତାହା ଆଦର୍ଶରୂପେ ଧରି ରଖ। ତୁମ୍ଭ ହସ୍ତରେ ସମର୍ପିତ ଯେଉଁ ଉତ୍ତମ ବିଷୟ, ତାହା ଆମ୍ଭମାନଙ୍କଠାରେ ବାସ କରୁଥିବା ପବିତ୍ର ଆତ୍ମାଙ୍କ ଦ୍ୱାରା ସୁରକ୍ଷା କର,

**Spiritual Warfare Cards.com**

Indian Revised Version · CC BY-SA 4.0 · Bridge Connectivity Solutions

୨ ତୀମଥି 3:16-17; ୨ ପିତର 1:19-21 (IRV)

# ସମସ୍ତ ଶାସ୍ତ୍ର ଈଶ୍ୱର ନିଶ୍ୱସିତ ଲିଖିତ... ଧାର୍ମିକତା ସମ୍ବନ୍ଧୀୟ ଶାସନ ନିମନ୍ତେ ଉପକାରୀ

ସମସ୍ତ ଶାସ୍ତ୍ର ଈଶ୍ୱର ନିଶ୍ୱସିତ ଲିଖିତ ଏବଂ ଶିକ୍ଷା, ଅନୁଯୋଗ, ସଂଶୋଧନ ଓ ଧାର୍ମିକତା ସମ୍ବନ୍ଧୀୟ ଶାସନ ନିମନ୍ତେ ଉପକାରୀ, ଯେପରି ଈଶ୍ୱରଙ୍କ ଲୋକ ସିଦ୍ଧ ହୋଇ ସମସ୍ତ ଉତ୍ତମ କାର୍ଯ୍ୟ ନିମନ୍ତେ ସୁସଜ୍ଜିତ ହୁଏ। ... ଏଥିରେ ଭାବବାଣୀ ଆମ୍ଭମାନଙ୍କ ନିକଟରେ ଅଧିକ ଦୃଢ଼ ହୋଇଅଛି; ତୁମ୍ଭେମାନେ ତାହା ଅନ୍ଧକାରମୟ ସ୍ଥାନରେ ପ୍ରଜ୍ୱଳିତ ହେଉଥିବା ପ୍ରଦୀପ ସଦୃଶ ମନେ କରି ରାତ୍ରି ପାହାନ୍ତା ନ ହେବା ପର୍ଯ୍ୟନ୍ତ ଓ ତୁମ୍ଭମାନଙ୍କ ହୃଦୟରେ ପ୍ରଭାତୀତାରା ଉଦିତ ନ ହେବା ପର୍ଯ୍ୟନ୍ତ ତାହା ପ୍ରତି ମନୋଯୋଗ କଲେ ଭଲ ହେବ। ପ୍ରଥମରେ ଏହା ଜ୍ଞାତ ହୁଅ ଯେ, ଶାସ୍ତ୍ରର କୌଣସି ଭାବବାଣୀ ସ୍ୱତନ୍ତ୍ର ଭାବରେ ବ୍ୟାଖ୍ୟା କରିବାର ବିଷୟ ନୁହେଁ, କାରଣ କୌଣସି ଭାବବାଣୀ କେବେ ହେଁ ମନୁଷ୍ୟର ଇଚ୍ଛାରୁ ଉତ୍ପନ୍ନ ହୋଇ ନାହିଁ, ମାତ୍ର ଈଶ୍ୱର ପ୍ରେରିତ ମନୁଷ୍ୟମାନେ ପବିତ୍ର ଆତ୍ମାଙ୍କ ଦ୍ୱାରା ଚାଳିତ ହୋଇ କଥା କହିଥିଲେ।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

# ସମସ୍ତ ଉତ୍ତମ ଦାନ ଓ ସମସ୍ତ ସିଦ୍ଧ ବର ଊର୍ଦ୍ଧ୍ୱରୁ... ଯେଉଁ ରୋପିତ ବାକ୍ୟ... ତାହା ନମ୍ର ଭାବରେ ଗ୍ରହଣ କର

ସମସ୍ତ ଉତ୍ତମ ଦାନ ଓ ସମସ୍ତ ସିଦ୍ଧ ବର ଊର୍ଦ୍ଧ୍ୱରୁ, ଅର୍ଥାତ୍, ଜ୍ୟୋତିଃର୍ଗଣର ପିତାଙ୍କଠାରୁ ଆସେ, ଯାହାଙ୍କଠାରେ କୌଣସି ପରିବର୍ତ୍ତନ ବା ଲେଶମାତ୍ର ବିକାର ନାହିଁ। ... ହେ ମୋହର ପ୍ରିୟ ଭାଇମାନେ, ତୁମ୍ଭେମାନେ ଏହା ଜ୍ଞାତ ଅଛ। ପ୍ରତ୍ୟେକ ଜଣ ଶୁଣିବାରେ ତତ୍ପର, କହିବାରେ ଧୀର ପୁଣି, କ୍ରୋଧ କରିବାରେ ଧୀର ହେଉ, କାରଣ ମନୁଷ୍ୟର କ୍ରୋଧ ଈଶ୍ୱରଙ୍କ ଗ୍ରାହ୍ୟ ଧାର୍ମିକତା ସାଧନ କରେ ନାହିଁ। ଅତଏବ, ତୁମ୍ଭେମାନେ ସମସ୍ତ ଅଶୁଚିତା ଓ ସବୁପ୍ରକାର ଦୁଷ୍ଟତା ପରିତ୍ୟାଗ କରି ଯେଉଁ ରୋପିତ ବାକ୍ୟ ତୁମ୍ଭମାନଙ୍କ ଆତ୍ମାକୁ ପରିତ୍ରାଣ କରିବା ନିମନ୍ତେ ସମର୍ଥ, ତାହା ନମ୍ର ଭାବରେ ଗ୍ରହଣ କର। କିନ୍ତୁ ଶ୍ରୋତାମାତ୍ର ହୋଇ ଆପଣାମାନଙ୍କୁ ପ୍ରବଞ୍ଚନା ନ କରି ବାକ୍ୟର କର୍ମକାରୀ ହୁଅ।

**Spiritual Warfare Cards.com**

Indian Revised Version · CC BY-SA 4.0 · Bridge Connectivity Solutions

ଯାକୁବ 4:4, 6-8, 10, 12 (IRV)

# ଈଶ୍ୱର ଅହଙ୍କାରୀମାନଙ୍କୁ ପ୍ରତିରୋଧ କରନ୍ତି, କିନ୍ତୁ ନମ୍ର ଲୋକମାନଙ୍କୁ ଅନୁଗ୍ରହ ଦାନ କରନ୍ତି... ଈଶ୍ୱରଙ୍କର ନିକଟବର୍ତ୍ତୀ ହୁଅ, ସେଥିରେ ସେ ତୁମ୍ଭମାନଙ୍କର ନିକଟବର୍ତ୍ତୀ ହେବେ... ପ୍ରଭୁଙ୍କ ଛାମୁରେ ଆପଣା ଆପଣାକୁ ନତ କର, ତାହାହେଲେ ସେ ତୁମ୍ଭମାନଙ୍କୁ ଉନ୍ନତ କରିବେ

---

ହେ ବ୍ୟଭିଚାରିଣୀମାନେ, ଜଗତର ମିତ୍ରତା ଈଶ୍ୱରଙ୍କର ଶତ୍ରୁତା, ଏହା କଅଣ ଜାଣ ନାହିଁ? ଅତଏବ, ଯେ କେହି ଜଗତର ମିତ୍ର ହେବାକୁ ଇଚ୍ଛା କରେ ସେ ଆପଣାକୁ ଈଶ୍ୱରଙ୍କ ଶତ୍ରୁ ବୋଲି ପ୍ରତିପନ୍ନ କରେ। ... କିନ୍ତୁ ସେ ମଧ୍ୟ ଅଧିକ ଅନୁଗ୍ରହ ଦାନ କରନ୍ତି; ଏଣୁ ଶାସ୍ତ୍ରରେ ଉକ୍ତ ଅଛି, "ଈଶ୍ୱର ଅହଙ୍କାରୀମାନଙ୍କୁ ପ୍ରତିରୋଧ କରନ୍ତି, କିନ୍ତୁ ନମ୍ର ଲୋକମାନଙ୍କୁ ଅନୁଗ୍ରହ ଦାନ କରନ୍ତି।" ଅତଏବ, ତୁମ୍ଭେମାନେ ଈଶ୍ୱରଙ୍କର ବଶୀଭୂତ ହୁଅ; ଶୟତାନକୁ ପ୍ରତିବାଦ କର, ତାହାହେଲେ ସେ ତୁମ୍ଭମାନଙ୍କ ନିକଟରୁ ପଳାଇଯିବ। ଈଶ୍ୱରଙ୍କର ନିକଟବର୍ତ୍ତୀ ହୁଅ, ସେଥିରେ ସେ ତୁମ୍ଭମାନଙ୍କର ନିକଟବର୍ତ୍ତୀ ହେବେ। ହେ ପାପୀମାନେ, ତୁମ୍ଭମାନଙ୍କ ହସ୍ତ ଶୁଚି କର, ପୁଣି, ହେ ଦ୍ୱିମନାମାନେ, ତୁମ୍ଭମାନଙ୍କ ହୃଦୟ ଶୁଦ୍ଧ କର। ... ପ୍ରଭୁଙ୍କ ଛାମୁରେ ଆପଣା ଆପଣାକୁ ନତ କର, ତାହାହେଲେ ସେ ତୁମ୍ଭମାନଙ୍କୁ ଉନ୍ନତ କରିବେ। ... ବ୍ୟବସ୍ଥାଦାତା ଓ ବିଚାରକର୍ତ୍ତା ଜଣେ ମାତ୍ର, ସେ ରକ୍ଷା ଓ ବିନାଶ କରିବାକୁ ସମର୍ଥ; କିନ୍ତୁ ପ୍ରତିବାସୀର ବିଚାର କରୁଅଛ ଯେ ତୁମ୍ଭେ, ତୁମ୍ଭେ କିଏ?

**Spiritual Warfare Cards.com**

Indian Revised Version · CC BY-SA 4.0 · Bridge Connectivity Solutions

ଯାକୁବ 4:13-17 (IRV)

# କାଲି କଅଣ ଘଟିବ, ତାହା ତ ତୁମ୍ଭେମାନେ ଜାଣ ନାହିଁ... ପ୍ରଭୁଙ୍କ ଇଚ୍ଛା ହେଲେ ଆମ୍ଭେମାନେ ଜୀବିତ ଥାଇ... ଏପ୍ରକାର ଗର୍ବ ମନ୍ଦ ଅଟେ

ଏବେ ଦେଖ, ଯେଉଁମାନେ କହୁଅଛ, ଆଜି କିମ୍ବା କାଲି ଆମ୍ଭେମାନେ ଅମୁକ ସହରକୁ ଯିବୁ ଓ ସେଠାରେ ଏକ ବର୍ଷ ପର୍ଯ୍ୟନ୍ତ ରହି ବାଣିଜ୍ୟ ବ୍ୟବସାୟ କରି ଲାଭ କରିବୁ; କିନ୍ତୁ କାଲି କଅଣ ଘଟିବ, ତାହା ତ ତୁମ୍ଭେମାନେ ଜାଣ ନାହିଁ। ତୁମ୍ଭମାନଙ୍କର ଜୀବନ କଅଣ? କ୍ଷଣକେ ଦୃଶ୍ୟ ହୋଇ ଅଦୃଶ୍ୟ ହୁଏ ଯେଉଁ ବାଷ୍ପ, ତୁମ୍ଭେମାନେ ତ ତାହା ସଦୃଶ। ଏଣୁ ପ୍ରଭୁଙ୍କ ଇଚ୍ଛା ହେଲେ ଆମ୍ଭେମାନେ ଜୀବିତ ଥାଇ ଏହା କରିବା ବା ତାହା କରିବା, ଏହିପରି କହିବା ତୁମ୍ଭମାନଙ୍କର ଉଚିତ। କିନ୍ତୁ ଏବେ ତୁମ୍ଭେମାନେ ଆପଣା ଆପଣା ଅହଂ ଭାବରେ ଗର୍ବ କରୁଅଛ; ଏପ୍ରକାର ଗର୍ବ ମନ୍ଦ ଅଟେ। ଅତଏବ, ଯେ ସତ୍କର୍ମ କରିବାକୁ ଜାଣି ତାହା କରେ ନାହିଁ, ତାହାର ପାପ ହୁଏ।



Indian Revised Version · CC BY-SA 4.0 · Bridge Connectivity Solutions

ଯିହୁଦା 1:1-2, 20-21, 24-25 (IRV)

# ତୁମ୍ଭମାନଙ୍କ ପ୍ରତି ଦୟା, ଶାନ୍ତି ଓ ପ୍ରେମ ପ୍ରଚୁରଭାବେ ବର୍ତ୍ତୁ... ଆପଣା ଅତି ପବିତ୍ର ବିଶ୍ୱାସ ଉପରେ ଧର୍ମ ଜୀବନରୂପ ଗୃହ ନିର୍ମାଣ କର

---

ଯିହୂଦା, ଯୀଶୁ ଖ୍ରୀଷ୍ଟଙ୍କ ଜଣେ ଦାସ ଓ ଯାକୁବଙ୍କ ଭାଇ, ଯେଉଁମାନେ ଆହୂତ ଓ ପିତା ଈଶ୍ବରଙ୍କ ପ୍ରିୟପାତ୍ର, ପୁଣି, ଯୀଶୁ ଖ୍ରୀଷ୍ଟଙ୍କ ନିମନ୍ତେ ସୁରକ୍ଷିତ, ସେମାନଙ୍କ ନିକଟକୁ ପତ୍ର ଲେଖୁଅଛି। ତୁମ୍ଭମାନଙ୍କ ପ୍ରତି ଦୟା, ଶାନ୍ତି ଓ ପ୍ରେମ ପ୍ରଚୁରଭାବେ ବର୍ତ୍ତୁ। ... କିନ୍ତୁ, ହେ ପ୍ରିୟମାନେ, ତୁମ୍ଭେମାନେ ଆପଣା ଅତି ପବିତ୍ର ବିଶ୍ୱାସ ଉପରେ ଧର୍ମ ଜୀବନରୂପ ଗୃହ ନିର୍ମାଣ କର, ପବିତ୍ର ଆତ୍ମାରେ ପ୍ରାର୍ଥନା କର, ପୁଣି, ଅନନ୍ତ ଜୀବନ ନିମନ୍ତେ ଆମ୍ଭମାନଙ୍କ ପ୍ରଭୁ ଯୀଶୁ ଖ୍ରୀଷ୍ଟଙ୍କ ଦୟାର ଅପେକ୍ଷା କରି ଈଶ୍ବରଙ୍କ ପ୍ରେମରେ ଆପଣାମାନଙ୍କୁ ସ୍ଥିର କରି ରଖ। ... ଯେ ତୁମ୍ଭମାନଙ୍କୁ ଝୁଣ୍ଟିବାରୁ ରକ୍ଷା କରିବାକୁ ପୁଣି, ଆପଣା ଗୌରବ ସମ୍ମୁଖରେ ମହାନନ୍ଦରେ ନିର୍ଦ୍ଦୋଷ ରୂପେ ଉପସ୍ଥିତ କରିବାକୁ ସକ୍ଷମ, ଯେ ଆମ୍ଭମାନଙ୍କ ପ୍ରଭୁ ଯୀଶୁ ଖ୍ରୀଷ୍ଟଙ୍କ ଦ୍ୱାରା ଆମ୍ଭମାନଙ୍କ ତ୍ରାଣକର୍ତ୍ତା ଏକମାତ୍ର ଈଶ୍ବର, ଗୌରବ, ପ୍ରତାପ, ପରାକ୍ରମ ଓ କର୍ତ୍ତାପଣ ଅନାଦିକାଳ, ବର୍ତ୍ତମାନ ଓ ଯୁଗେ ଯୁଗେ ତାହାଙ୍କର। ଆମେନ୍।

**Spiritual Warfare Cards.com**

Indian Revised Version · CC BY-SA 4.0 · Bridge Connectivity Solutions

ଯାତ୍ରା ପୁସ୍ତକ 20:2-8, 12-17, 20 (IRV)

# ତୁମ୍ଭର ସେହି ସଦାପ୍ରଭୁ ପରମେଶ୍ୱର ଆମ୍ଭେ ଅଟୁ... ଆମ୍ଭ ସାକ୍ଷାତରେ ତୁମ୍ଭର ଆଉ କୌଣସି ଦେବତା ହେବ ନାହିଁ... ସେମାନଙ୍କର ସହସ୍ର ପୁରୁଷ ପର୍ଯ୍ୟନ୍ତ ଦୟାକାରୀ

"ଯେ ତୁମ୍ଭକୁ ଦାସଗୃହ ସ୍ୱରୂପ ମିସର ଦେଶରୁ ବାହାର କରି ଆଣିଅଛନ୍ତି, ତୁମ୍ଭର ସେହି ସଦାପ୍ରଭୁ ପରମେଶ୍ୱର ଆମ୍ଭେ ଅଟୁ।" ଆମ୍ଭ ସାକ୍ଷାତରେ ତୁମ୍ଭର ଆଉ କୌଣସି ଦେବତା ହେବ ନାହିଁ। ତୁମ୍ଭେ ଆପଣା ନିମନ୍ତେ କୌଣସି ଖୋଦିତ ପ୍ରତିମା ନିର୍ମାଣ କରିବ ନାହିଁ; କି ଉପରିସ୍ଥ ସ୍ୱର୍ଗରେ, କି ନୀଚସ୍ଥ ପୃଥିବୀରେ, କି ପୃଥିବୀର ନୀଚସ୍ଥ ଜଳରେ ଥିବା କୌଣସି ବସ୍ତୁର ପ୍ରତିମୂର୍ତ୍ତି ନିର୍ମାଣ କରିବ ନାହିଁ। ତୁମ୍ଭେ ସେମାନଙ୍କୁ ପ୍ରଣାମ କରିବ ନାହିଁ, କି ସେମାନଙ୍କର ସେବା କରିବ ନାହିଁ; ଯେହେତୁ ଆମ୍ଭେ ତୁମ୍ଭର ସଦାପ୍ରଭୁ ପରମେଶ୍ୱର ସ୍ୱଗୌରବ ରକ୍ଷଣରେ ଉଦ୍‍ଯୋଗୀ ପରମେଶ୍ୱର ଅଟୁ, ପୁଣି, ଯେଉଁମାନେ ଆମ୍ଭଙ୍କୁ ଘୃଣା କରନ୍ତି, ଆମ୍ଭେ ସେମାନଙ୍କ ତୃତୀୟ ଓ ଚତୁର୍ଥ ପୁରୁଷ ପର୍ଯ୍ୟନ୍ତ ସନ୍ତାନମାନଙ୍କ ଉପରେ ପୈତୃକ ଅପରାଧର ପ୍ରତିଫଳଦାତା; ମାତ୍ର ଯେଉଁମାନେ ଆମ୍ଭଙ୍କୁ ପ୍ରେମ କରନ୍ତି ଓ ଆମ୍ଭର ଆଜ୍ଞା ପାଳନ କରନ୍ତି, ଆମ୍ଭେ ସେମାନଙ୍କର ସହସ୍ର ପୁରୁଷ ପର୍ଯ୍ୟନ୍ତ ଦୟାକାରୀ। ତୁମ୍ଭେ ଆପଣା ସଦାପ୍ରଭୁ ପରମେଶ୍ୱରଙ୍କ ନାମ ମିଥ୍ୟାରେ ନେବ ନାହିଁ; ଯେହେତୁ ଯେକେହି ତାହାଙ୍କର ନାମ ମିଥ୍ୟାରେ ନିଏ, ସଦାପ୍ରଭୁ ତାହାକୁ ନିରପରାଧ ଗଣନା କରିବେ ନାହିଁ। ବିଶ୍ରାମ ଦିନ ପବିତ୍ର ରୂପେ ପାଳିବାକୁ ସ୍ମରଣ କର। ... ତୁମ୍ଭେ ଆପଣା ପିତା ଓ ଆପଣା ମାତାଙ୍କୁ ସମ୍ଭ୍ରମ କର; ତହିଁରେ ତୁମ୍ଭର ସଦାପ୍ରଭୁ ପରମେଶ୍ୱର ତୁମ୍ଭକୁ ଯେଉଁ ଦେଶ ଦେବେ, ସେହି ଦେଶରେ ତୁମ୍ଭର ଦୀର୍ଘ ପରମାୟୁ ହେବ। ତୁମ୍ଭେ ନରହତ୍ୟା କରିବ ନାହିଁ। ତୁମ୍ଭେ ବ୍ୟଭିଚାର କରିବ ନାହିଁ। ତୁମ୍ଭେ ଚୋରି କରିବ ନାହିଁ। ତୁମ୍ଭେ ଆପଣା ପ୍ରତିବାସୀ ବିରୁଦ୍ଧରେ ମିଥ୍ୟା ସାକ୍ଷ୍ୟ ଦେବ ନାହିଁ। ତୁମ୍ଭେ ଆପଣା ପ୍ରତିବାସୀର ଗୃହକୁ ଲୋଭ କରିବ ନାହିଁ, ତୁମ୍ଭେ ଆପଣା ପ୍ରତିବାସୀର ଭାର୍ଯ୍ୟା, କି ଦାସ, କି ଦାସୀ, କି ତାହାର ଗୋରୁ, କି ଗଧ, କି ତୁମ୍ଭ ପ୍ରତିବାସୀର କୌଣସି ବସ୍ତୁକୁ ଲୋଭ କରିବ ନାହିଁ। ... ତହିଁରେ ମୋଶା ଲୋକମାନଙ୍କୁ କହିଲେ, "ଭୟ କର ନାହିଁ; କାରଣ ତୁମ୍ଭମାନଙ୍କୁ ପରୀକ୍ଷା କରିବାକୁ ଓ ତୁମ୍ଭେମାନେ ଯେପରି ପାପ ନ କରିବ, ଏଥିପାଇଁ ଆପଣାର ଭୟାନକତା ତୁମ୍ଭମାନଙ୍କ ଚକ୍ଷୁଗୋଚର କରିବାକୁ ପରମେଶ୍ୱର ଆସିଅଛନ୍ତି।"

***Spiritual Warfare Cards.com***

*Indian Revised Version · CC BY-SA 4.0 · Bridge Connectivity Solutions*

ଯିହୋଶୂୟ 1:7-11 (IRV)

# ବଳବାନ ଓ ଅତି ସାହସିକ ହୁଅ... ଦିବାରାତ୍ର ତାହା ଧ୍ୟାନ କର... ସଦାପ୍ରଭୁ ତୁମ୍ଭ ପରମେଶ୍ୱର ତୁମ୍ଭର ସଙ୍ଗୀ ହେବେ

ମାତ୍ର ଆମ୍ଭର ସେବକ ମୋଶା ତୁମ୍ଭକୁ ଯେସମସ୍ତ ବ୍ୟବସ୍ଥା ଆଦେଶ କରିଅଛି, ସେସବୁ ତୁମ୍ଭେ ମାନିବାକୁ ଓ କରିବାକୁ ବଳବାନ ଓ ଅତି ସାହସିକ ହୁଅ; ତହିଁର ଦକ୍ଷିଣକୁ କି ବାମକୁ ଫେର ନାହିଁ, ତହିଁରେ ତୁମ୍ଭେ ଯେକୌଣସି ସ୍ଥାନକୁ ଯିବ, ସେଠାରେ କୁଶଳ ପ୍ରାପ୍ତ ହେବ। ଏହି ବ୍ୟବସ୍ଥା-ପୁସ୍ତକ ତୁମ୍ଭ ମୁଖରୁ ବିଚଳିତ ନ ହେଉ, ମାତ୍ର ତୁମ୍ଭେ ତହିଁର ଲେଖାନୁସାରେ ମାନିବାକୁ ଓ କରିବାକୁ ଦିବାରାତ୍ର ତାହା ଧ୍ୟାନ କର; ତାହା କଲେ, ତୁମ୍ଭେ ଆପଣା ପଥ ସଫଳ କରିବ ଓ ତୁମ୍ଭେ କୁଶଳ ପ୍ରାପ୍ତ ହେବ। ଆମ୍ଭେ କି ତୁମ୍ଭକୁ ଆଜ୍ଞା ଦେଇ ନାହୁଁ? ବଳବାନ ହୁଅ ଓ ସାହସିକ ହୁଅ; ତ୍ରାସଯୁକ୍ତ ହୁଅ ନାହିଁ, କି ହତାଶ ହୁଅ ନାହିଁ; କାରଣ ତୁମ୍ଭେ ଯେଉଁଆଡ଼େ ଯିବ, ସଦାପ୍ରଭୁ ତୁମ୍ଭ ପରମେଶ୍ୱର ତୁମ୍ଭର ସଙ୍ଗୀ ହେବେ।” ଏଥିଉତ୍ତାରେ ଯିହୋଶୂୟ ଲୋକମାନଙ୍କ ଅଧ୍ୟକ୍ଷମାନଙ୍କୁ ଆଜ୍ଞା ଦେଇ କହିଲେ, “ଛାଉଣି ମଧ୍ୟଦେଇ ଯାଅ ଓ ଲୋକମାନଙ୍କୁ ଆଜ୍ଞା ଦେଇ କୁହ, ‘ତୁମ୍ଭେମାନେ ଆପଣାମାନଙ୍କ ପାଇଁ ପାଥେୟ ସାମଗ୍ରୀ ପ୍ରସ୍ତୁତ କର; କାରଣ ସଦାପ୍ରଭୁ ତୁମ୍ଭମାନଙ୍କ ପରମେଶ୍ୱର ତୁମ୍ଭମାନଙ୍କୁ ଯେଉଁ ଦେଶ ଅଧିକାର କରିବାକୁ ଦେବେ, ତହିଁରେ ପ୍ରବେଶ କରି ତାହା ଅଧିକାର କରିବା ନିମନ୍ତେ ତିନି ଦିନ ମଧ୍ୟରେ ତୁମ୍ଭମାନଙ୍କୁ ଏହି ଯର୍ଦ୍ଦନ ପାର ହୋଇ ଯିବାକୁ ହେବ।’”

**Spiritual Warfare Cards.com**

Indian Revised Version · CC BY-SA 4.0 · Bridge Connectivity Solutions

ପ୍ରଥମ ଶାମୁୟେଲ *16:7*; ଦ୍ୱିତୀୟ ଶାମୁୟେଲ *7:18, 13, 23, 22 (IRV)*

# ମନୁଷ୍ୟ ବାହ୍ୟରୂପ ଦେଖେ ମାତ୍ର ସଦାପ୍ରଭୁ ଅନ୍ତଃକରଣ ଦେଖନ୍ତି

ମାତ୍ର ସଦାପ୍ରଭୁ ଶାମୁୟେଲଙ୍କୁ କହିଲେ, "ଏହାର ରୂପ କି ଶରୀରର ଉଚ୍ଚତା ପ୍ରତି ଦୃଷ୍ଟି ନ କର; ଯେହେତୁ ଆମ୍ଭେ ଏହାକୁ ଅଗ୍ରାହ୍ୟ କଲୁ; ପୁଣି, ମନୁଷ୍ୟ ଯେପରି ଦେଖେ, ସଦାପ୍ରଭୁ ସେପରି ଦେଖନ୍ତି ନାହିଁ; କାରଣ ମନୁଷ୍ୟ ବାହ୍ୟରୂପ ଦେଖେ ମାତ୍ର ସଦାପ୍ରଭୁ ଅନ୍ତଃକରଣ ଦେଖନ୍ତି;" ... ଏଥିରେ ଦାଉଦ ରାଜା ଭିତରକୁ ଯାଇ ସଦାପ୍ରଭୁଙ୍କ ସମ୍ମୁଖରେ ବସିଲେ ଓ କହିଲେ, "ହେ ପ୍ରଭୋ ସଦାପ୍ରଭୋ, ମୁଁ କିଏ ଓ ମୋର ବଂଶ ବା କଅଣ ଯେ, ତୁମ୍ଭେ ମୋତେ ଏପର୍ଯ୍ୟନ୍ତ ଆଣିଅଛ? ... ସେ ଆମ୍ଭ ନାମ ନିମନ୍ତେ ଏକ ଗୃହ ନିର୍ମାଣ କରିବ ଓ ଆମ୍ଭେ ତାହାର ରାଜ୍ୟ-ସିଂହାସନ ଅନନ୍ତକାଳସ୍ଥାୟୀ କରିବା। ... ତୁମ୍ଭ ଲୋକ ଇସ୍ରାଏଲ ତୁଲ୍ୟ ପୃଥିବୀରେ ଆଉ କେଉଁ ଗୋଷ୍ଠୀ ଅଛି? ସେମାନଙ୍କୁ ଆପଣା ଉଦ୍ଦେଶ୍ୟରେ ଏକ ଲୋକ ରୂପେ ମୁକ୍ତ କରିବାକୁ, ଓ ଆପଣା ନାମ କରିବାକୁ ପୁଣି ମିସରରୁ, ନାନା ଗୋଷ୍ଠୀ ଓ ସେମାନଙ୍କ ଦେବଗଣଠାରୁ ତୁମ୍ଭ ଉଦ୍ଦେଶ୍ୟରେ ମୁକ୍ତ ତୁମ୍ଭର ସେହି ଲୋକମାନଙ୍କ ସମ୍ମୁଖରେ ସେମାନଙ୍କ ପାଇଁ ମହତ୍ କର୍ମ ଓ ତୁମ୍ଭ ଦେଶ ପାଇଁ ଭୟାନକ କର୍ମ କରିବାକୁ ପରମେଶ୍ୱର ଆଗମନ କରିଥିଲେ। ... ଏହେତୁ ହେ ସଦାପ୍ରଭୋ ପରମେଶ୍ୱର, ତୁମ୍ଭେ ମହାନ; କାରଣ ତୁମ୍ଭ ତୁଲ୍ୟ ଆଉ କେହି ନାହିଁ, କିଅବା ଆମ୍ଭେମାନେ ନିଜ କର୍ଣ୍ଣରେ ଯାହା ଶୁଣିଅଛୁ, ତଦନୁସାରେ ତୁମ୍ଭ ଛଡ଼ା ଆଉ ପରମେଶ୍ୱର କେହି ନାହିଁ।

**Spiritual Warfare Cards.com**

*Indian Revised Version · CC BY-SA 4.0 · Bridge Connectivity Solutions*

ନିହିମୀୟା 1:4-11 (IRV)

# ତୁମ୍ଭେ ନିୟମ ଓ ଦୟା ପାଳନ କରିଥାଅ... ଇସ୍ରାଏଲ-ସନ୍ତାନଗଣର ପାପ ସ୍ୱୀକାର କରି... ଆମ୍ଭେମାନେ ତୁମ୍ଭ ବିରୁଦ୍ଧରେ ଅତିଶୟ ଦୁଷ୍କର୍ମ କରିଅଛୁ

ତହୁଁ ମୁଁ ଏହି କଥା ଶୁଣିବାମାତ୍ରେ, ବସି ରୋଦନ କଲି ଓ କେତେକ ଦିନ ପର୍ଯ୍ୟନ୍ତ ବିଳାପ କଲି; ପୁଣି, ମୁଁ ସ୍ୱର୍ଗସ୍ଥ ପରମେଶ୍ୱରଙ୍କ ଛାମୁରେ ଉପବାସ ଓ ପ୍ରାର୍ଥନା କରି କହିଲି, "ହେ ସଦାପ୍ରଭୋ, ସ୍ୱର୍ଗସ୍ଥ ପରମେଶ୍ୱର, ମୁଁ ବିନୟ କରୁଅଛି, ତୁମ୍ଭେ ମହାନ ଓ ଭୟଙ୍କର ପରମେଶ୍ୱର ଅଟ, ଯେଉଁମାନେ ତୁମ୍ଭକୁ ପ୍ରେମ କରନ୍ତି ଓ ତୁମ୍ଭର ସବୁ ଆଜ୍ଞା ପାଳନ କରନ୍ତି, ସେମାନଙ୍କ ପକ୍ଷରେ ତୁମ୍ଭେ ନିୟମ ଓ ଦୟା ପାଳନ କରିଥାଅ; ମୁଁ ତୁମ୍ଭ ବିରୁଦ୍ଧରେ ଆମ୍ଭମାନଙ୍କ କୃତ ଇସ୍ରାଏଲ-ସନ୍ତାନଗଣର ପାପ ସ୍ୱୀକାର କରି ତୁମ୍ଭ ଦାସ ଇସ୍ରାଏଲର ସନ୍ତାନଗଣ ପକ୍ଷରେ ଦିବାରାତ୍ର ଏହି ସମୟରେ ତୁମ୍ଭ ଛାମୁରେ ଯେଉଁ ପ୍ରାର୍ଥନା କରୁଅଛି, ଆପଣା ଦାସର ସେହି ପ୍ରାର୍ଥନା ଶୁଣିବା ପାଇଁ ଏବେ ତୁମ୍ଭର କର୍ଣ୍ଣ ନିବିଷ୍ଟ ଓ ତୁମ୍ଭର ଚକ୍ଷୁ ମୁକ୍ତ ହେଉ; ମୁଁ ଓ ମୋହର ପିତୃବଂଶ ହିଁ ପାପ କରିଅଛୁ। ଆମ୍ଭେମାନେ ତୁମ୍ଭ ବିରୁଦ୍ଧରେ ଅତିଶୟ ଦୁଷ୍କର୍ମ କରିଅଛୁ ଓ ତୁମ୍ଭେ ଆପଣା ଦାସ ମୋଶାଙ୍କୁ ଯେଉଁ ଆଜ୍ଞା ଓ ବିଧି ଓ ଶାସନ ଆଦେଶ କରିଥିଲ, ତାହାସବୁ ଆମ୍ଭେମାନେ ପାଳନ କରି ନାହୁଁ। ତୁମ୍ଭେ ଆପଣା ଦାସ ମୋଶାଙ୍କୁ ଆଜ୍ଞା କରି କହିଥିଲ, 'ତୁମ୍ଭେମାନେ ସତ୍ୟ-ଲଙ୍ଘନ କଲେ, ଆମ୍ଭେ ତୁମ୍ଭମାନଙ୍କୁ ନାନା ଗୋଷ୍ଠୀ ମଧ୍ୟରେ ଛିନ୍ନଭିନ୍ନ କରିବା; ମାତ୍ର ଯେବେ ତୁମ୍ଭେମାନେ ଆମ୍ଭ ପ୍ରତି ଫେରିବ ଓ ଆମ୍ଭ ଆଜ୍ଞା ପାଳନ କରି ତଦନୁଯାୟୀ କର୍ମ କରିବ, ତେବେ ତୁମ୍ଭମାନଙ୍କର ତ୍ୟକ୍ତ ଲୋକମାନେ ଆକାଶର ପ୍ରାନ୍ତସୀମାରେ ଥିଲେ ହେଁ ଆମ୍ଭେ ସେଠାରୁ ସେମାନଙ୍କୁ ସଂଗ୍ରହ କରିବା ଓ ଆମ୍ଭେ ଆପଣା ନାମ ସ୍ଥାପନାର୍ଥେ ଯେଉଁ ସ୍ଥାନ ମନୋନୀତ କରିଅଛୁ, ସେହି ସ୍ଥାନକୁ ସେମାନଙ୍କୁ ଆଣିବା; ବିନୟ କରୁଅଛି, ଆପଣାର ଏହି କଥା ସ୍ମରଣ କର।' ଏମାନେ ତୁମ୍ଭର ଦାସ ଓ ତୁମ୍ଭର ଲୋକ, ତୁମ୍ଭେ ଏମାନଙ୍କୁ ଆପଣାର ମହାପରାକ୍ରମ ଓ ଆପଣାର ବଳବାନ ହସ୍ତ ଦ୍ୱାରା ମୁକ୍ତ କରିଅଛ। ହେ ପ୍ରଭୋ, ବିନୟ କରୁଅଛି, ଯେଉଁମାନେ ତୁମ୍ଭ ନାମକୁ ଭୟ କରିବାକୁ ଆନନ୍ଦ କରନ୍ତି, ଏପରି ତୁମ୍ଭ ଦାସର ପ୍ରାର୍ଥନା ଓ ତୁମ୍ଭ ଦାସମାନଙ୍କ ପ୍ରାର୍ଥନା ପ୍ରତି ଏବେ ତୁମ୍ଭର କର୍ଣ୍ଣ ନିବିଷ୍ଟ ହେଉ; ଆଉ, ପ୍ରାର୍ଥନା କରୁଅଛି, ଆଜି ଆପଣା ଦାସର କାର୍ଯ୍ୟ ସିଦ୍ଧ କର, ପୁଣି ଏହି ବ୍ୟକ୍ତିର ଦୃଷ୍ଟିରେ ତାହାକୁ ଦୟାପ୍ରାପ୍ତ ହେବାକୁ ଦିଅ।" ଏସମୟରେ ମୁଁ ରାଜାଙ୍କର ପାନପାତ୍ରବାହକ ଥିଲି।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

# ସଦାପ୍ରଭୁ ଧାର୍ମିକମାନଙ୍କ ପଥ ଜାଣନ୍ତି; ମାତ୍ର ଦୁଷ୍ଟମାନଙ୍କ ପଥ ବିନଷ୍ଟ ହେବ

---

ଯେଉଁ ଜନ ଦୁଷ୍ଟମାନଙ୍କ ମନ୍ତ୍ରଣାରେ ଚାଲେ ନାହିଁ, ଅବା ପାପୀମାନଙ୍କ ମାର୍ଗରେ ଠିଆ ହୁଏ ନାହିଁ, କିଅବା ନିନ୍ଦକମାନଙ୍କ ସଭାରେ ବସେ ନାହିଁ, ମାତ୍ର ସଦାପ୍ରଭୁଙ୍କ ବ୍ୟବସ୍ଥାରେ ଯାହାର ଆମୋଦ ଥାଏ ଓ ଯେ ଦିବାରାତ୍ର ତାହାଙ୍କର ବ୍ୟବସ୍ଥା ଧ୍ୟାନ କରେ, ସେ ଧନ୍ୟ। ଯେଉଁ ବୃକ୍ଷ ଜଳସ୍ରୋତ ନିକଟରେ ରୋପିତ, ଯେ ସ୍ୱସମୟରେ ଫଳ ଉତ୍ପନ୍ନ କରେ, ଯାହାର ପତ୍ର ହିଁ ମଳିନ ହୁଏ ନାହିଁ, ଏପରି ବୃକ୍ଷ ସଦୃଶ ସେ ହେବ; ପୁଣି, ସେ ଯାହା କରେ, ତାହା ସଫଳ ହେବ। ଦୁଷ୍ଟମାନେ ସେପ୍ରକାର ନୁହନ୍ତି; ମାତ୍ର ବାୟୁ ଦ୍ୱାରା ଚାଳିତ ତୁଷ ତୁଲ୍ୟ ଅଟନ୍ତି। ଏହେତୁ ଦୁଷ୍ଟମାନେ ବିଚାର ସ୍ଥାନରେ, ଅବା ପାପୀମାନେ ଧାର୍ମିକମାନଙ୍କ ମଣ୍ଡଳୀରେ ଠିଆ ହେବେ ନାହିଁ। କାରଣ ସଦାପ୍ରଭୁ ଧାର୍ମିକମାନଙ୍କ ପଥ ଜାଣନ୍ତି; ମାତ୍ର ଦୁଷ୍ଟମାନଙ୍କ ପଥ ବିନଷ୍ଟ ହେବ।



*Indian Revised Version · CC BY-SA 4.0 · Bridge Connectivity Solutions*

ଗୀତସଂହିତା 4:1-8 (IRV)

# ସଦାପ୍ରଭୁ ଆପଣା ପାଇଁ ସଦ୍‌ଭକ୍ତ ଲୋକକୁ ପୃଥକ କରି ରଖିଅଛନ୍ତି... ମୁଁ ଶାନ୍ତିରେ ଶୟନ କରିବି ଓ ନିଦ୍ରା ଯିବି... କେବଳ ତୁମ୍ଭେ ମୋତେ ନିରାପଦରେ ବାସ କରାଉଅଛ

ହେ ମୋହର ଧର୍ମସ୍ୱରୂପ ପରମେଶ୍ୱର, ମୁଁ ଡାକିଲେ ମୋତେ ଉତ୍ତର ଦିଅ; ସଙ୍କଟରେ ଥିବା ସମୟରେ ତୁମ୍ଭେ ମୋତେ ପ୍ରଶସ୍ତ ସ୍ଥାନ ଦେଇଅଛ; ମୋତେ ଦୟା କର ଓ ମୋହର ପ୍ରାର୍ଥନା ଶୁଣ। ହେ ମନୁଷ୍ୟ-ସନ୍ତାନଗଣ, କେତେ କାଳ ମୋହର ଗୌରବ ଅପମାନରେ ପରିଣତ ହେବ? କେତେ କାଳ ତୁମ୍ଭେମାନେ ଅସାରତାକୁ ସ୍ନେହ କରିବ ଓ ମିଥ୍ୟାର ଅନ୍ୱେଷଣ କରିବ? [ସେଲା] ମାତ୍ର ସଦାପ୍ରଭୁ ଆପଣା ପାଇଁ ସଦ୍‌ଭକ୍ତ ଲୋକକୁ ପୃଥକ କରି ରଖିଅଛନ୍ତି, ଏହା ଜ୍ଞାତ ହୁଅ; ମୁଁ ସଦାପ୍ରଭୁଙ୍କୁ ଡାକିଲେ, ସେ ଶୁଣିବେ। ଭୀତ ହୁଅ ଓ ପାପ କର ନାହିଁ; ତୁମ୍ଭେମାନେ ଶଯ୍ୟା ଉପରେ ମନେ ମନେ କଥା କହି ନୀରବ ହୁଅ। [ସେଲା] ଧର୍ମବଳି ଉତ୍ସର୍ଗ କର ଓ ସଦାପ୍ରଭୁଙ୍କଠାରେ ବିଶ୍ୱାସ କର। ଅନେକେ କହନ୍ତି, “କିଏ ଆମ୍ଭମାନଙ୍କୁ ମଙ୍ଗଳ ଦେଖାଇବ?” ହେ ସଦାପ୍ରଭୋ, ଆମ୍ଭମାନଙ୍କ ପ୍ରତି ଆପଣା ମୁଖର ତେଜ ପ୍ରକାଶ କର। ତୁମ୍ଭେ ମୋ’ ଅନ୍ତଃକରଣରେ ଆନନ୍ଦ ଦେଇଅଛ, ତାହା ସେମାନଙ୍କ ଶସ୍ୟ ଓ ଦ୍ରାକ୍ଷାରସ ବୃଦ୍ଧିକାଳର ଆନନ୍ଦ ଅପେକ୍ଷା ଅଧିକ। ମୁଁ ଶାନ୍ତିରେ ଶୟନ କରିବି ଓ ନିଦ୍ରା ଯିବି; କାରଣ ହେ ସଦାପ୍ରଭୋ, କେବଳ ତୁମ୍ଭେ ମୋତେ ନିରାପଦରେ ବାସ କରାଉଅଛ।

**Spiritual Warfare Cards.com**

*Indian Revised Version · CC BY-SA 4.0 · Bridge Connectivity Solutions*

# ଯେଉଁ ଜନ ସରଳାଚରଣ, ଧର୍ମକର୍ମ କରେ... ଆପଣା ଅନ୍ତଃକରଣରେ ସତ୍ୟ କହେ... ଯେ ଏହି ସକଳ କର୍ମ କରେ, ସେ କେବେ ଘୁଞ୍ଚା ଯିବ ନାହିଁ

ହେ ସଦାପ୍ରଭୋ, ତୁମ୍ଭ ଆବାସରେ କିଏ ପ୍ରବାସ କରି ପାରିବ? ତୁମ୍ଭ ପବିତ୍ର ପର୍ବତରେ କିଏ ବାସ କରି ପାରିବ? ଯେଉଁ ଜନ ସରଳାଚରଣ, ଧର୍ମକର୍ମ କରେ ଓ ଆପଣା ଅନ୍ତଃକରଣରେ ସତ୍ୟ କହେ। ଯେ ଆପଣା ଜିହ୍ୱାରେ ଗ୍ଲାନି କରେ ନାହିଁ, ଅବା ଆପଣା ମିତ୍ରର ଅନିଷ୍ଟ କରେ ନାହିଁ, କିଅବା ଆପଣା ପ୍ରତିବାସୀ ବିରୁଦ୍ଧରେ ନିନ୍ଦା ପ୍ରକଟ କରେ ନାହିଁ। ଯାହାର ଦୃଷ୍ଟିରେ ପାମର ତୁଚ୍ଛୀକୃତ ହୁଏ; ମାତ୍ର ଯେ ସଦାପ୍ରଭୁଙ୍କ ଭୟକାରୀମାନଙ୍କୁ ସମାଦର କରେ। ଯେ ଶପଥ କରି ଆପଣାର କ୍ଷତି ହେଲେ ହେଁ ତାହା ଅନ୍ୟଥା କରେ ନାହିଁ। ଯେ ସୁଧ ପାଇଁ ଟଙ୍କା ଋଣ ଦିଏ ନାହିଁ, କିଅବା ନିର୍ଦ୍ଦୋଷ ବିରୁଦ୍ଧରେ ଲାଞ୍ଚ ନିଏ ନାହିଁ। ଯେ ଏହି ସକଳ କର୍ମ କରେ, ସେ କେବେ ଘୁଞ୍ଚା ଯିବ ନାହିଁ।

**Spiritual Warfare Cards.com**

Indian Revised Version · CC BY-SA 4.0 · Bridge Connectivity Solutions

ଗୀତସଂହିତା *13:1-3, 5-6 (IRV)*

# ମୁଁ ତୁମ୍ଭ ଦୟାରେ ଭରସା ରଖିଅଛି... ମୁଁ ସଦାପ୍ରଭୁଙ୍କ ଉଦ୍ଦେଶ୍ୟରେ ଗାନ କରିବି, କାରଣ ସେ ମୋହର ପ୍ରଚୁର ମଙ୍ଗଳ କରିଅଛନ୍ତି



ହେ ସଦାପ୍ରଭୋ, ତୁମ୍ଭେ କେତେ କାଳ ପର୍ଯ୍ୟନ୍ତ ମୋତେ ପାସୋରିବ? ତୁମ୍ଭେ କେତେ କାଳ ମୋʼ ଠାରୁ ଆପଣା ମୁଖ ଲୁଚାଇବ? ମୁଁ ସାରାଦିନ ନିଜ ଅନ୍ତଃକରଣରେ ଦୁଃଖିତ ହୋଇ କେତେ କାଳ ମନେ ମନେ ପରାମର୍ଶ କରିବି? କେତେ କାଳ ମୋʼ ଶତ୍ରୁ ମୋʼ ଉପରେ ଉଚ୍ଚୀକୃତ ହେବ? ହେ ସଦାପ୍ରଭୋ, ମୋʼ ପରମେଶ୍ୱର, ବିବେଚନା କର ଓ ମୋତେ ଉତ୍ତର ଦିଅ; ମୋହର ଚକ୍ଷୁ ସତେଜ କର, ନୋହିଲେ ମୁଁ ମୃତ୍ୟୁ-ନିଦ୍ରାରେ ନିଦ୍ରାଗତ ହେବି; ... ମାତ୍ର ମୁଁ ତୁମ୍ଭ ଦୟାରେ ଭରସା ରଖିଅଛି; ତୁମ୍ଭ କୃତ ପରିତ୍ରାଣରେ ମୋର ଅନ୍ତଃକରଣ ଉଲ୍ଲାସ କରିବ; ମୁଁ ସଦାପ୍ରଭୁଙ୍କ ଉଦ୍ଦେଶ୍ୟରେ ଗାନ କରିବି, କାରଣ ସେ ମୋହର ପ୍ରଚୁର ମଙ୍ଗଳ କରିଅଛନ୍ତି।

**Spiritual Warfare Cards.com**

*Indian Revised Version · CC BY-SA 4.0 · Bridge Connectivity Solutions*

ଗୀତସଂହିତା *16:1-5, 7-11 (IRV)*

# ସଦାପ୍ରଭୁ ମୋହର ଅଧିକାରର ଓ ପାନପାତ୍ରର ବାଣ୍ଟ ସ୍ୱରୂପ... ତୁମ୍ଭେ ମୋତେ ଜୀବନର ପଥ ଦେଖାଇବ

ହେ ପରମେଶ୍ୱର, ମୋତେ ରକ୍ଷା କର; କାରଣ ମୁଁ ତୁମ୍ଭଠାରେ ଶରଣ ନିଏ। ମୁଁ ସଦାପ୍ରଭୁଙ୍କୁ କହିଅଛି, "ତୁମ୍ଭେ ମୋହର ପ୍ରଭୁ, ତୁମ୍ଭ ବିନା ମୋହର କୌଣସି ମଙ୍ଗଳ ନାହିଁ।" ପୃଥିବୀରେ ଯେଉଁ ପବିତ୍ର ଲୋକମାନେ ଅଛନ୍ତି, ସେମାନେ ଆଦରଣୀୟ, ସେମାନଙ୍କଠାରେ ମୋହର ପରମ ସନ୍ତୋଷ। ଯେଉଁମାନେ ସଦାପ୍ରଭୁଙ୍କ ପରିବର୍ତ୍ତରେ ଅନ୍ୟ ଦେବତାକୁ ଗ୍ରହଣ କରନ୍ତି, ସେମାନଙ୍କ ଦୁଃଖ ବଢ଼ିଯିବ; ସେମାନଙ୍କ ଦତ୍ତ ରକ୍ତର ପେୟ-ନୈବେଦ୍ୟ ମୁଁ ଉତ୍ସର୍ଗ କରିବି ନାହିଁ, କିଅବା ମୁଁ ସେମାନଙ୍କ ଦେବତାଗଣର ନାମ ଆପଣା ଓଷ୍ଠାଧରରେ ନେବି ନାହିଁ। ସଦାପ୍ରଭୁ ମୋହର ଅଧିକାରର ଓ ପାନପାତ୍ରର ବାଣ୍ଟ ସ୍ୱରୂପ; ତୁମ୍ଭେ ମୋହର ବାଣ୍ଟ ସ୍ଥିର କରୁଅଛ। ... ମୁଁ ସଦାପ୍ରଭୁଙ୍କର ଧନ୍ୟବାଦ କରିବି, ଯେ ମୋତେ ପରାମର୍ଶ ଦେଇଅଛନ୍ତି; ଆହୁରି, ରାତ୍ରିକାଳରେ ମୋହର ଚିତ୍ତ ମୋତେ ଉପଦେଶ ଦିଏ। ମୁଁ ସର୍ବଦା ସଦାପ୍ରଭୁଙ୍କୁ ଆପଣା ସମ୍ମୁଖରେ ରଖିଅଛି; ସେ ମୋହର ଦକ୍ଷିଣ ପାଖରେ ଥିବାରୁ ମୁଁ ବିଚଳିତ ହେବି ନାହିଁ। ଏଥିପାଇଁ ମୋହର ଅନ୍ତଃକରଣ ଆନନ୍ଦିତ ଓ ମୋହର ଗୌରବ ଉଲ୍ଲସିତ ହୁଅଇ; ମୋ' ଶରୀର ମଧ୍ୟ ନିରାପଦରେ ବାସ କରିବ। କାରଣ ତୁମ୍ଭେ ମୋ' ପ୍ରାଣକୁ ପାତାଳରେ ପରିତ୍ୟାଗ କରିବ ନାହିଁ; କିଅବା ତୁମ୍ଭେ ଆପଣା ପବିତ୍ର ଜନକୁ କ୍ଷୟ ପାଇବାକୁ ଦେବ ନାହିଁ। ତୁମ୍ଭେ ମୋତେ ଜୀବନର ପଥ ଦେଖାଇବ; ତୁମ୍ଭ ସମ୍ମୁଖରେ ଆନନ୍ଦର ପୂର୍ଣ୍ଣତା ଥାଏ; ତୁମ୍ଭ ଦକ୍ଷିଣ ପାଖରେ ନିତ୍ୟ ସୁଖଭୋଗ ଥାଏ।

**Spiritual Warfare Cards.com**

*Indian Revised Version · CC BY-SA 4.0 · Bridge Connectivity Solutions*

# ସଦାପ୍ରଭୁ ମୋହର ପ୍ରତିପାଳକ; ମୋହର ଅଭାବ ହେବ ନାହିଁ... ସେ ମୋʼ ପ୍ରାଣକୁ ସୁସ୍ଥ କରନ୍ତି... ତୁମ୍ଭେ ମୋହର ସହବର୍ତ୍ତୀ

---

ସଦାପ୍ରଭୁ ମୋହର ପ୍ରତିପାଳକ; ମୋହର ଅଭାବ ହେବ ନାହିଁ। ସେ କୋମଳ ତୃଣମୟ ସ୍ଥାନରେ ମୋତେ ଶୟନ କରାନ୍ତି; ସେ ସ୍ଥିର ଜଳ ପାଖେ ପାଖେ ମୋତେ କଢ଼ାଇ ନିଅନ୍ତି। ସେ ମୋʼ ପ୍ରାଣକୁ ସୁସ୍ଥ କରନ୍ତି, ସେ ଆପଣା ନାମ ସକାଶୁ ଧର୍ମ ପଥରେ ମୋତେ କଢ଼ାଇ ନିଅନ୍ତି। ଏଣୁ ମୁଁ ମୃତ୍ୟୁଚ୍ଛାୟାରୂପ ଉପତ୍ୟକା ଦେଇ ଗମନ କଲେ ହେଁ କୌଣସି ଆପଦକୁ ଭୟ କରିବି ନାହିଁ; କାରଣ ତୁମ୍ଭେ ମୋହର ସହବର୍ତ୍ତୀ, ତୁମ୍ଭର ପାଞ୍ଚଣ ଓ ତୁମ୍ଭର ବାଡ଼ି ମୋତେ ସାନ୍ତ୍ୱନା ଦିଅନ୍ତି। ତୁମ୍ଭେ ମୋʼ ଶତ୍ରୁଗଣଙ୍କ ସାକ୍ଷାତରେ ମୋʼ ସମ୍ମୁଖରେ ମେଜ ସଜାଉଅଛ; ତୁମ୍ଭେ ତୈଳରେ ମୋʼ ମସ୍ତକ ସିକ୍ତ କରିଅଛ; ମୋʼ ପାନପାତ୍ର ଉଚ୍ଛୁଳି ପଡ଼ୁଅଛି। ନିଶ୍ଚୟ ମଙ୍ଗଳ ଓ ଦୟା ମୋହର ଜୀବନଯାଏ ମୋହର ପଶ୍ଚାଦ୍‍ଗାମୀ ହେବ; ପୁଣି, ମୁଁ ସର୍ବଦା ସଦାପ୍ରଭୁଙ୍କ ଗୃହରେ ବାସ କରିବି।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ହିତୋପଦେଶ 1:7; 9:18; 4:23-26 (IRV)

# ତୁମ୍ଭ ହୃଦୟକୁ ଅତି ଯତ୍ନରେ ରଖ; ଯେହେତୁ ତହିଁରୁ ଜୀବନର ପ୍ରବାହ ଜନ୍ମେ

ସଦାପ୍ରଭୁଙ୍କ ବିଷୟକ ଭୟ ଜ୍ଞାନର ଆରମ୍ଭ; ମାତ୍ର ନିର୍ବୋଧ ଲୋକେ ଜ୍ଞାନ ଓ ଉପଦେଶ ତୁଚ୍ଛବୋଧ କରନ୍ତି। ... ମାତ୍ର ସେହି ଲୋକ ଜାଣେ ନାହିଁ ଯେ, ମୃତ ଲୋକମାନେ ସେଠାରେ ଥା'ନ୍ତି, ପୁଣି, ତାହାର ନିମନ୍ତ୍ରିତଗଣ ପାତାଳର ଗଭୀର ସ୍ଥାନରେ ଅଛନ୍ତି। ... ତୁମ୍ଭ ହୃଦୟକୁ ଅତି ଯତ୍ନରେ ରଖ; ଯେହେତୁ ତହିଁରୁ ଜୀବନର ପ୍ରବାହ ଜନ୍ମେ। ଆପଣାଠାରୁ କୁଟିଳ ମୁଖ ଦୂର କର ଓ ବକ୍ର ଓଷ୍ଠାଧର ବହୁ ଦୂରରେ ରଖ। ତୁମ୍ଭ ଚକ୍ଷୁ ଆଗକୁ ଦୃଷ୍ଟି କରୁ ଓ ତୁମ୍ଭ ଚକ୍ଷୁର ପତା ତୁମ୍ଭ ସମ୍ମୁଖରେ ସଳଖ ଅନାଉ। ତୁମ୍ଭେ ଆପଣା ପାଦ ସଳଖ କରି ପକାଅ ଓ ତୁମ୍ଭର ସବୁ ପଥ ସ୍ଥିରୀକୃତ ହେଉ।



*Indian Revised Version · CC BY-SA 4.0 · Bridge Connectivity Solutions*

ଯିରିମୀୟ 17:5, 7-10 (IRV)

# ଅନ୍ତଃକରଣ ସବୁଠାରୁ କପଟମୟ... ଆମ୍ଭେ ସଦାପ୍ରଭୁ... ଅନ୍ତଃକରଣ ଅନୁସନ୍ଧାନ କରୁ, ଆମ୍ଭେ ମର୍ମ ପରୀକ୍ଷା କରୁ

ସଦାପ୍ରଭୁ ଏହି କଥା କହନ୍ତି; "ଯେଉଁ ମନୁଷ୍ୟ, ମନୁଷ୍ୟ ଉପରେ ନିର୍ଭର କରେ ଓ ମାଂସକୁ ଆପଣାର ବାହୁ କରେ, ଆଉ ଯାହାର ହୃଦୟ ସଦାପ୍ରଭୁଙ୍କ ନିକଟରୁ ଦୂରକୁ ଯାଏ, ସେ ଶାପଗ୍ରସ୍ତ। ... ଯେଉଁ ମନୁଷ୍ୟ ସଦାପ୍ରଭୁଙ୍କ ଉପରେ ନିର୍ଭର କରେ, ପୁଣି ସଦାପ୍ରଭୁ ଯାହାର ବିଶ୍ୱାସଭୂମି ଅଟନ୍ତି, ସେ ଧନ୍ୟ। କାରଣ ସେ ଜଳ ନିକଟରେ ରୋପିତ ଓ ନଦୀ କୂଳରେ ବିସ୍ତୃତମୂଳ ବୃକ୍ଷ ତୁଲ୍ୟ ହେବ ଓ ଗ୍ରୀଷ୍ମ ଉପସ୍ଥିତ ହେବା ବେଳେ ସେ ଭୟ କରିବ ନାହିଁ, ମାତ୍ର ତାହାର ପତ୍ର ସତେଜ ହେବ; ଆଉ, ଅନାବୃଷ୍ଟିର ବର୍ଷରେ ସେ ଚିନ୍ତିତ ହେବ ନାହିଁ, କିଅବା ତାହାର ଫଳ ଫଳିବାର ନିବୃତ୍ତ ହେବ ନାହିଁ।" ଅନ୍ତଃକରଣ ସବୁଠାରୁ କପଟମୟ ଓ ଅପ୍ରତୀକାର୍ଯ୍ୟ ରୂପେ ପୀଡ଼ିତ; କିଏ ତାହା ଜାଣିପାରେ? "ଆମ୍ଭେ ସଦାପ୍ରଭୁ, ପ୍ରତ୍ୟେକ ମନୁଷ୍ୟକୁ ତାହାର ଆଚରଣ ଅନୁସାରେ ତାହାର କର୍ମର ଫଳ ଦେବା ପାଇଁ, ଅନ୍ତଃକରଣ ଅନୁସନ୍ଧାନ କରୁ, ଆମ୍ଭେ ମର୍ମ ପରୀକ୍ଷା କରୁ।"

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ଯୋୟେଲ 2:11-14 (IRV)

# ତୁମ୍ଭେମାନେ ଉପବାସ, ରୋଦନ ଓ ବିଳାପ କରି ଆପଣାମାନଙ୍କର ସର୍ବାନ୍ତଃକରଣ ସହିତ ଆମ୍ଭ ନିକଟକୁ ଫେରି ଆସ... ସେ କୃପାମୟ ଓ ସ୍ନେହଶୀଳ, କ୍ରୋଧରେ ଧୀର

ସଦାପ୍ରଭୁଙ୍କର ଦିନ ମହତ୍ ଓ ଅତି ଭୟାନକ; ଆଉ କିଏ ତାହା ସହ୍ୟ କରିପାରେ? ତଥାପି ସଦାପ୍ରଭୁ କହନ୍ତି, "ଏବେ ହେଁ ତୁମ୍ଭେମାନେ ଉପବାସ, ରୋଦନ ଓ ବିଳାପ କରି ଆପଣାମାନଙ୍କର ସର୍ବାନ୍ତଃକରଣ ସହିତ ଆମ୍ଭ ନିକଟକୁ ଫେରି ଆସ। ପୁଣି, ଆପଣା ଆପଣା ବସ୍ତ୍ର ନ ଚିରି ଅନ୍ତଃକରଣ ଚିର" ଓ ସଦାପ୍ରଭୁ ଆପଣାମାନଙ୍କର ପରମେଶ୍ୱରଙ୍କ ନିକଟକୁ ଫେରି ଆସ; କାରଣ ସେ କୃପାମୟ ଓ ସ୍ନେହଶୀଳ, କ୍ରୋଧରେ ଧୀର ଓ ଦୟାରେ ପରିପୂର୍ଣ୍ଣ, ଆଉ ସେ ଅମଙ୍ଗଳ କରିବା ବିଷୟରେ କ୍ଷାନ୍ତ ହୁଅନ୍ତି। କେଜାଣି ସେ ଫେରି ଦୁଃଖିତ ହେବେ ଓ ଆପଣା ପଶ୍ଚାତ୍ ଆଶୀର୍ବାଦ, ଅର୍ଥାତ୍, ସଦାପ୍ରଭୁ ତୁମ୍ଭମାନଙ୍କର ପରମେଶ୍ୱରଙ୍କ ଉଦ୍ଦେଶ୍ୟରେ ଭକ୍ଷ୍ୟ ନୈବେଦ୍ୟ ଓ ପେୟ-ନୈବେଦ୍ୟ ରଖିଯିବେ।

**Spiritual Warfare Cards.com**

Indian Revised Version · CC BY-SA 4.0 · Bridge Connectivity Solutions

ଓବଦୀୟ 1:3-4, 15, 17 (IRV)

# ତୁମ୍ଭ ଅନ୍ତଃକରଣର ଅହଙ୍କାର ତୁମ୍ଭକୁ ପ୍ରବଞ୍ଚନା କରିଅଛି... ତୁମ୍ଭେ ଯେପରି କରିଅଛ, ତୁମ୍ଭ ପ୍ରତି ସେହିପରି କରାଯିବ

ହେ ଶୈଳ-କନ୍ଦରରେ ବାସକାରୀ, ହେ ଉଚ୍ଚସ୍ଥାନ ନିବାସୀ, ତୁମ୍ଭ ଅନ୍ତଃକରଣର ଅହଙ୍କାର ତୁମ୍ଭକୁ ପ୍ରବଞ୍ଚନା କରିଅଛି; ତୁମ୍ଭେ ଆପଣା ମନେ ମନେ କହୁଅଛ, "ଆମ୍ଭକୁ ଭୂମିକୁ ଓହ୍ଲାଇ ଆଣିବ କିଏ?" ସଦାପ୍ରଭୁ କହନ୍ତି, ତୁମ୍ଭେ ଯଦ୍ୟପି ଉତ୍କ୍ରୋଶ ପକ୍ଷୀ ପରି ଊର୍ଦ୍ଧ୍ୱକୁ ଉଠ, ତୁମ୍ଭର ବସା ଯଦ୍ୟପି ତାରାଗଣ ମଧ୍ୟରେ ସ୍ଥାପିତ ହୁଏ, ତଥାପି ଆମ୍ଭେ ସେଠାରୁ ତୁମ୍ଭକୁ ଓହ୍ଲାଇ ଆଣିବା। ... କାରଣ ସକଳ ଗୋଷ୍ଠୀ ଉପରେ ସଦାପ୍ରଭୁଙ୍କର ଦିନ ସନ୍ନିକଟ; ତୁମ୍ଭେ ଯେପରି କରିଅଛ, ତୁମ୍ଭ ପ୍ରତି ସେହିପରି କରାଯିବ; ତୁମ୍ଭ କୃତ ବ୍ୟବହାରର (ପ୍ରତିଫଳ) ତୁମ୍ଭ ନିଜ ମସ୍ତକରେ ବର୍ତ୍ତିବ। ... ମାତ୍ର ରକ୍ଷାପ୍ରାପ୍ତ ଲୋକମାନେ ସିୟୋନରେ ଥିବେ ଓ ତାହା ପବିତ୍ର ହେବ; ଆଉ, ଯାକୁବର ବଂଶ ଆପଣାମାନଙ୍କର ଅଧିକାର ଭୋଗ କରିବେ।

*Spiritual Warfare Cards.com*

*Indian Revised Version · CC BY-SA 4.0 · Bridge Connectivity Solutions*

ନାହୂମ *1:2-3, 5, 7 (IRV)*

# ସଦାପ୍ରଭୁ ମଙ୍ଗଳମୟ ଓ ସଙ୍କଟ ଦିନରେ ଦୃଢ଼ ଦୁର୍ଗ ଅଟନ୍ତି... ଯେଉଁମାନେ ତାହାଙ୍କଠାରେ ନିର୍ଭର କରନ୍ତି... ସେମାନଙ୍କୁ ସେ ଜାଣନ୍ତି

---

ସଦାପ୍ରଭୁ (ସ୍ୱଗୌରବ ରକ୍ଷଣେ) ଉଦ୍‍ଯୋଗୀ ପରମେଶ୍ୱର ଓ ପ୍ରତିଫଳଦାତା ଅଟନ୍ତି; ସଦାପ୍ରଭୁ ପ୍ରତିଫଳଦାତା ଓ କ୍ରୋଧପୂର୍ଣ୍ଣ ଅଟନ୍ତି; ସଦାପ୍ରଭୁ ଆପଣା ବିପକ୍ଷଗଣଙ୍କୁ ପ୍ରତିଫଳ ଦିଅନ୍ତି ଓ ଆପଣା ଶତ୍ରୁଗଣ ନିମନ୍ତେ କୋପ ସଞ୍ଚୟ କରନ୍ତି। ସଦାପ୍ରଭୁ କ୍ରୋଧରେ ଧୀର ଓ ପରାକ୍ରମରେ ମହାନ ଓ କୌଣସି ପ୍ରକାରେ ଦୋଷୀକୁ ନିର୍ଦ୍ଦୋଷ କରିବେ ନାହିଁ; ଘୂର୍ଣ୍ଣିବାୟୁ ଓ ତୋଫାନ ମଧ୍ୟରେ ସଦାପ୍ରଭୁଙ୍କର ପଥ ଅଛି ଓ ମେଘମାଳ ତାହାଙ୍କର ପାଦଧୂଳି। ... ତାହାଙ୍କ ଆଗରେ ପର୍ବତଗଣ କମ୍ପିତ ହୁଅନ୍ତି ଓ ଉପପର୍ବତସବୁ ତରଳି ଯା’ନ୍ତି; ଆଉ, ତାହାଙ୍କ ସାକ୍ଷାତରେ ପୃଥିବୀ କମ୍ପିତ ହୁଏ, ହଁ ଜଗତ ଓ ତନ୍ନିବାସୀ ସମସ୍ତେ କମ୍ପିତ ହୁଅନ୍ତି। ... ସଦାପ୍ରଭୁ ମଙ୍ଗଳମୟ ଓ ସଙ୍କଟ ଦିନରେ ଦୃଢ଼ ଦୁର୍ଗ ଅଟନ୍ତି; ଆଉ, ଯେଉଁମାନେ ତାହାଙ୍କଠାରେ ନିର୍ଭର କରନ୍ତି; ସେମାନଙ୍କୁ ସେ ଜାଣନ୍ତି।



*Indian Revised Version · CC BY-SA 4.0 · Bridge Connectivity Solutions*

# ନମ୍ର ଭାବରେ ତୁମ୍ଭ ପରମେଶ୍ୱରଙ୍କ ସହିତ ଗମନାଗମନ କରିବାର... ଧାର୍ମିକ ଲୋକ ଆପଣା ବିଶ୍ୱାସ ଦ୍ୱାରା ବଞ୍ଚିବ

"ଆମ୍ଭେ କଅଣ ଘେନି ସଦାପ୍ରଭୁଙ୍କ ସମ୍ମୁଖକୁ ଆସିବା ଓ ଊର୍ଦ୍ଧ୍ୱସ୍ଥ ପରମେଶ୍ୱରଙ୍କ ସମ୍ମୁଖରେ ପ୍ରଣାମ କରିବା? ଆମ୍ଭେ କି ହୋମବଳି ରୂପେ ଏକ ବର୍ଷୀୟ ଗୋବତ୍ସମାନ ନେଇ ତାହାଙ୍କ ସମ୍ମୁଖକୁ ଆସିବା? … ହେ ମନୁଷ୍ୟ, ଯାହା ଉତ୍ତମ, ତାହା ସେ ତୁମ୍ଭକୁ ଜଣାଇ ଅଛନ୍ତି; ନ୍ୟାୟାଚରଣ, ଦୟା ଭଲ ପାଇବା ଓ ନମ୍ର ଭାବରେ ତୁମ୍ଭ ପରମେଶ୍ୱରଙ୍କ ସହିତ ଗମନାଗମନ କରିବାର, ଏହାଛଡ଼ା ସଦାପ୍ରଭୁ ତୁମ୍ଭଠାରୁ ଆଉ କଅଣ ଚାହାନ୍ତି? ... ଦେଖ, ତାହାର ପ୍ରାଣ ଗର୍ବରେ ଫୁଲିଅଛି, ତାହା ସରଳ ନୁହେଁ; ମାତ୍ର ଧାର୍ମିକ ଲୋକ ଆପଣା ବିଶ୍ୱାସ ଦ୍ୱାରା ବଞ୍ଚିବ। ଆହୁରି, ଧନ ବିଶ୍ୱାସଘାତକ ବଣିକ, ଅହଙ୍କାରୀ ଲୋକ, ଆଉ ସେ ଘରେ ରହେ ନାହିଁ, ସେ ପାତାଳର ପରି ଆପଣା ବାଞ୍ଛା ବଢ଼ାଏ ଓ ସେ ମୃତ୍ୟୁ ସଦୃଶ, ଆଉ ସେ ତୃପ୍ତ ହୋଇ ନ ପାରେ, ମାତ୍ର ସେ ଆପଣା ନିକଟରେ ଯାବତୀୟ ଗୋଷ୍ଠୀ ଏକତ୍ର କରଇ ଓ ଯାବତୀୟ ଜନବୃନ୍ଦକୁ ଆପଣା ନିକଟରେ ସଂଗ୍ରହ କରେ।"

**Spiritual Warfare Cards.com**

Indian Revised Version · CC BY-SA 4.0 · Bridge Connectivity Solutions